୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.25 Bhubaneswar Thursday February 29 2024 | ୨୬ତମ ବର୍ଷ ସଂଖ୍ୟା–୨୫ ଭୁବନେଶ୍ୱର ଗୁରୁବାର, ଫେବୃଆରୀ ୨୯, ୨୦୨୪ (୮ ପୃଷ୍ଠା) ମୂଲ୍ୟ–୧.୫୦ ₹ 1.50 (Air Surcharge - 0.50P) Member-INS

## ବାପାଙ୍କ ମଇଦାନ ଜଗିଛନ୍ତି ଝିଅ; ୨୦୨୪ରେ ଦେବେ ପରୀକ୍ଷା



ଭୁବନେଶ୍ୱର,୨୮।୨(ପି.ଏନ): ବାପାଙ୍କ ହାତ ଧରି ଝିଅ ଲଢ଼ିବେ ନିର୍ବାଚନ। ଶିଖିବେ ରାଜନୀତିର ଖଡ଼ିପାଠ। ସାଧାରଣ ନିର୍ବାଚନ ପାଖେଇ ଆସୁଥିବା ବେଳେ ଚର୍ଚ୍ଚାରେ ରାଜ୍ୟର ତିନି ବରିଷ୍ଠ ନେତାଙ୍କ କନ୍ୟା। ସେମାନେ କୁଆଡ ୨୦୨୪ ସାଧାରଣ ନିର୍ବାଚନରେ ଦେବେ ପରୀକ୍ଷା। ବାପାଙ୍କ ଅନୁପସ୍ଥିତିରେ ରଣଭୂମି ସଜାଡିବାରେ ଲାଗିପଡିଛନ୍ତି ଜୟନାରାୟଣଙ୍କ ଝିଅ ଶୁଭଶ୍ରୀ, ଦେବେନ୍ଦ୍ର ଶର୍ମାଙ୍କ ଝିଅ ଡାକ୍ତର ଦେବସ୍ମିତା ଓ ଭୂଜବଳ ମାଝୀଙ୍କ ଝିଅ ଡାକ୍ତର ଲିପିକା।ବିରୋଧୀ ଦଳ ନେତା ତଥା ସମ୍ବଲପୁର ବିଧାୟକ ଜୟନାରାୟଣ ମିଶ୍ରଙ୍କ ଝିଅ ହେଉଛନ୍ତି ଶୁଭଶ୍ରୀ ମିଶ୍ର। ସେ କୁଆଡ ବାପାଙ୍କ ଉତ୍ତରାଧିକାରୀ ବୋଲି ସମ୍ବଲପୁରରେ ଢେରେ ଚର୍ଚ୍ଚା ଓ କଳ୍ପନା ଜଳ୍ପନା। ସେପଟେ ଦେଖିବାକୁ ଗଲେ ବିଗତ କିଛି ମାସ ହେଲା ବିଭିନ୍ନ ଦଳୀୟ କାର୍ଯ୍ୟକ୍ରମ ହେଉ ବା ସାମାଜିକ କାର୍ଯ୍ୟକ୍ରମ ସବୁଥିରେ ତାଙ୍କୁ ଦେଖିବାକୁ ମିଳୁଛି। ବ୍ୟାଙ୍କ ଚାକିରି ଛାଡ଼ି ଏବେ ସମ୍ବଲପୁରରେ ରହୁଥିବା ଏମବିଏ ପଢୁଆ ଶୁଭଶ୍ରୀଙ୍କୁ। ଏପରିକି ମଙ୍ଗଳବାର ଟାଟା ପାୱାର ଅଫିସ୍ ଘେରାଉ ସମୟରେ ସେ ଉପସ୍ଥିତ ଥିଲେ। ତେଣୁ ଏସବୁ ସମ୍ବଲପୁରରେ ଶୁଭଶ୍ରୀଙ୍କ ରାଜନୀତି ପ୍ରବେଶର ପୂର୍ବାଭ୍ୟାସକୁ ଇଙ୍ଗିତ କରୁଛି। ହେଲେ ଶୁଭଶ୍ରୀ କିନ୍ତୁ କହିଛନ୍ତି, ନିର୍ବାଚନ ଲଢ଼ିବା ନ ଲଢ଼ିବା ଦଳ ଓ ବାପାଙ୍କ ଇଚ୍ଛା ଉପରେ ନିର୍ଭର କରେ।

## ଆଜିଠୁ ଓଡିଶା ଆସୁଛନ୍ତି ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ: ୪ ଦିନିଆ ଗସ୍ତରେ ମହାମହିମ



ଭୁବନେଶ୍ୱର,୨୮।୨(ପି.ଏନ): ଦେଶର ରାଷ୍ଟ୍ରପତି ତଥା ଓଡିଆ ମାଟିର ଗର୍ବ ଗୌରବ ରାଷ୍ଟ୍ରପତି ଆଜି ନିଜ ରାଜ୍ୟ ଅଭିମୁଖେ ଆସୁଛନ୍ତି । ଆଜିଠାରୁ ୪ ଦିନିଆ ଗସ୍ତରେ ରହିବେ ମହାମହିମ ରାଷ୍ଟ୍ରପତି ଶ୍ରୀମତୀ ଦ୍ରୌପଦୀ ମୁର୍ମୁ । ଏହି ୪ ଦିନ ମଧ୍ୟରେ ଖୋର୍ଦ୍ଧା, କଟକ, ମୟୁରଭଞ୍ଜ, ଗଞ୍ଜାମ ଏବଂ ସମ୍ବଲପୁରରେ ବିଭିନ୍ନ କାର୍ଯ୍ୟକ୍ରମରେ ଯୋଗ ଦେବା ନେଇ ସୂଚୀ ରହିଛି । ଆଜି ଦିଲ୍ଲୀରୁ ପହଞ୍ଚି ମା' କିଚ୍‌କେଶ୍ୱରୀ ମନ୍ଦିର ଦର୍ଶନ କରିବେ ଶ୍ରୀମତୀ ମୁର୍ମୁ । ଏହାପରେ ଆସନ୍ତାକାଲି କେନ୍ଦୁଝର ଏବଂ ଭୁବନେଶ୍ୱରର କାର୍ଯ୍ୟକ୍ରମରେ ସେ ଯୋଗ ଦେବା ନେଇ ସୂଚୀ ରହିଛି । କାଲି ଉତ୍କଳ ବିଶ୍ୱବିଦ୍ୟାଳୟର ସମାବର୍ତ୍ତନ ଉତ୍ସବରେ ଯୋଗ ଦେବେ ରାଷ୍ଟ୍ରପତି ମୁର୍ମୁ । ତେବେ ମହାମହିମଙ୍କ ଗସ୍ତ ପାଇଁ କଡାକଡି ସୁରକ୍ଷା ବ୍ୟବସ୍ଥା କରାଯାଇଛି ।

### ବିଜେଡି ବିଧାୟକଙ୍କ ନିର୍ମାଣାଧୀନ କୋଠାରୁ ଖସିପଡିଲେ ୨ ଶ୍ରମିକ!

ଭୁବନେଶ୍ୱର,୨୮।୨(ପି.ଏନ): ରାଜଧାନୀ ଭୁବନେଶ୍ୱରରେ ନିର୍ମାଣାଧୀନ କୋଠାରୁ ଖସି ୨ ଶ୍ରମିକ ଗୁରୁତର ହୋଇଛନ୍ତି। ନୟାପଲ୍ଲୀ ଥାନା ଅଞ୍ଚଳରେ ୩ ମହଲା କୋଠା କାମ ଚାଲିଥିବା ବେଳେ ଅଘଟଣ ଘଟିଛି। ଗୁରୁତର ହୋଇଥିବା ୨ ଶ୍ରମିକଙ୍କୁ କ୍ୟାପିଟାଲ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ନିର୍ମାଣାଧୀନ କୋଠାଟି ଜଣେ ବିଜେଡି ବିଧାୟକଙ୍କର ବୋଲି ଜଣାପଡିଛି।

### ଯାତ୍ରୀଙ୍କ ଉପରେ ମାଡି ଗଲା ଟ୍ରେନ, ୧୨ ଜଣଙ୍କ ମୃତ୍ୟୁ

ଭୁବନେଶ୍ୱର,୨୮।୨(ପି.ଏନ): ଝାଡଖଣ୍ଡ ଜାମତରା କାଲାଝରିଆରେ ବଡ ଅଘଟଣ ଘଟିଛି। ଯାତ୍ରୀଙ୍କ ଉପରେ ମାଡି ଯାଇଛି ଗୋଟିଏ ଟ୍ରେନ। ଏଥିରେ ବର୍ତ୍ତମାନ ସୁଦ୍ଧ ୧୨ ଜଣଙ୍କ ମୃତ୍ୟୁ ଘଟିଥିବା ବେଳେ ଅନେକ ଆହତ ହୋଇଛନ୍ତି। ଆଗକୁ ମୃତ୍ୟୁସଂଖ୍ୟା ବୃଦ୍ଧି ପାଇବାର ଆଶଙ୍କା ପ୍ରକାଶ ପାଇଛି। ମିଳିଥିବା ସୂଚନା ଅନୁସାରେ, ଗୋଟିଏ ପ୍ୟାସେଞ୍ଜର ଟ୍ରେନ କାଲାଝରିଆ ଷ୍ଟେସନ ଅତିକ୍ରମ କରୁଥିଲା। ଏହି ସମୟରେ ଲୋକୋ ପାଇଲଟ ରେଳ ଧାରଣରୁ ଧୂଆଁ ବାହାରୁ ଥିବା ଦେଖିବାକୁ ପାଇଥିଲେ। ଏହା ଦେଖି ସେ ଭାବିଥିଲେ ଯେ ଟ୍ରେନରେ ଅଗ୍ନିକାଣ୍ଡ ଘଟିଛି।

## ସରକାରୀ ବିଜ୍ଞାପନରେ 'ଶଙ୍ଖ' ଚିହ୍ନ: ଓଡିଶା ସରକାର ଓ ବିଜେଡିକୁ ଶନିବାର ସନ୍ଧ୍ୟା ସୁଦ୍ଧା ଜବାବ ଦାଖଲ ନିର୍ଦ୍ଦେଶ




ଭୁବନେଶ୍ୱର,୨୮।୨(ପି.ଏନ): ସାଧାରଣ ନିର୍ବାଚନକୁ ଦୃଷ୍ଟିରେ ରଖି ନିଜ ଦଳୀୟ ଚିହ୍ନ 'ଶଙ୍ଖ'କୁ ସରକାରୀ ବିଜ୍ଞାପନରେ ଉପଯୋଗ କରିବା ଶାସକ ବିଜେଡିକୁ ମହଙ୍ଗା ପଡିଛି । ଆଜି ନିର୍ବାଚନ କମିଶନ ଏନେଇ କଡା ଆଭିମୁଖ୍ୟ ପୋଷଣ କରି ଉଭୟ ଓଡିଶା ସରକାର ଓ ବିଜେଡିକୁ ଜବାବ ଦାଖଲ ପାଇଁ ନିର୍ଦ୍ଦେଶ ଦେଇଛନ୍ତି । ମାର୍ଚ୍ଚ ୨ ତାରିଖ ବା ଶନିବାର ସନ୍ଧ୍ୟା ସୁଦ୍ଧା ଏନେଇ ସ୍ପଷ୍ଟୀକରଣ ରଖିବାକୁ ଉଭୟ ରାଜ୍ୟ ସରକାର ଓ ବିଜେଡିକୁ ତାଗିଦ୍ କରାଯାଇଛି ।ମିଳିଥିବା ସୂଚନା ଅନୁସାରେ, ସାଧାରଣ ଲୋକଙ୍କ ଟିକସ ଅର୍ଥରେ କ୍ଷମତାସୀନ ବିଜେଡି ସରକାର 'ଶଙ୍ଖ' ଚିହ୍ନ ରଖି କୋଟି କୋଟି ଟଙ୍କାର ବିଜ୍ଞାପନ ଦେଉଥିବାକୁ ଗୁରୁତ୍ୱର ସହ ନେଇଛନ୍ତି । ରାଜ୍ୟରେ ଉଭୟ ଲୋକସଭା ଓ ବିଧାନସଭା ଭୋଟ୍ ପାଇଁ ନିର୍ବାଚନ ଆଚରଣ ବିଧି ଲାଗୁ ହେବା ପୂର୍ବରୁ କମିଶନଙ୍କ ଏଭଳି ଆଭିମୁଖ୍ୟ ଶାସକ ବିଜେଡିକୁ ଅଡୁଆରେ ପକାଇଛି । ନିର୍ବାଚନକୁ ଦୃଷ୍ଟିରେ ରଖି କ୍ଷମତାସୀନ ବିଜେଡି ସରକାର ଗତ ପ୍ରାୟ ଦୁଇମାସରୁ ଅଧିକ ସମୟ ଧରି ନିୟମିତ ଭାବେ ସମ୍ବାଦପତ୍ର, ଟିଭି ଚ୍ୟାନେଲ, ରାଜ୍ୟ ପରିବହନ ନିଗମର ବସ୍ ଏବଂ ବିଭିନ୍ନ ସ୍ଥାନରେ ବଡ ବଡ ହୋର୍ଡିଂ ମାରିଛନ୍ତି । ଏଥିପାଇଁ ରାଜ୍ୟ ରାଜକୋଷରୁ ବିପୁଳ ପରିମାଣର ଟଙ୍କା ଖର୍ଚ୍ଚ ହେଉଛି ।

## ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ ପ୍ରକାଶ ପାଇଲା ବିଜ୍ଞପ୍ତି: ୩ଟି ଜିଲ୍ଲାର ଜିଲ୍ଲାପାଳ ବଦଳିଲେ

ଭୁବନେଶ୍ୱର,୨୮।୨(ପି.ଏନ): ସର୍ବଭାରତୀୟ ପ୍ରଶାସନିକ ସେବା (ଆଇଏଏସ) ସ୍ତରରେ ଏକ ଛୋଟ ଧରଣର ଅଦଳବଦଳ କରାଯାଇଛି । ୩ଟି ଜିଲ୍ଲାର ଜିଲ୍ଲାପାଳଙ୍କୁ ବଦଳି କରାଯାଇଛି । ଏନେଇ ରାଜ୍ୟ ସରକାରଙ୍କ ସାଧାରଣ ପ୍ରଶାସନ ଓ ଜନ ଅଭିଯୋଗ ବିଭାଗ ପକ୍ଷରୁ ଏକ ବିଜ୍ଞପ୍ତି ପ୍ରକାଶ ପାଇଛି । ମୟୂରଭଞ୍ଜ ଜିଲ୍ଲାପାଳ ଓ ଜିଲ୍ଲା ମାଜିଷ୍ଟ୍ରେଟ ଆଶିଷ ଥାକରେଙ୍କୁ ବାଲେଶ୍ୱର ଜିଲ୍ଲାପାଳ ଓ ଜିଲ୍ଲା ମାଜିଷ୍ଟ୍ରେଟ ଭାବେ ନିଯୁକ୍ତି ଦିଆଯାଇଛି । ସେହିପରି ପୁରୀ ଜିଲ୍ଲାପାଳ ଓ ଜିଲ୍ଲା ମାଜିଷ୍ଟ୍ରେଟ ବିନୟ କୁମାର ଦାସଙ୍କୁ କଟକ ମହାନଗର ନିଗମ (ସିଏମସି) କମିଶନର ଭାବେ ନିଯୁକ୍ତି ଦିଆଯାଇଛି । ରାଜ୍ୟ ସରକାରଙ୍କ ଆଇଏଏସ କ୍ୟାଡରରେ ଯୁଗ୍ମ ସଚିବଙ୍କୁ ପ୍ରଦାନ କରାଯାଉଥିବା ଷ୍ଟାଟସ ଓ ଦାୟିତ୍ୱ ପରି ସମାନ କ୍ଷମତା ସିଏମସି କମିଶନରଙ୍କୁ ପ୍ରଦାନ କରାଯିବ । କଟକ ବିକାଶ କର୍ତ୍ତୃପକ୍ଷ (ସିଡିଏ)ର ଉପାଧ୍ୟକ୍ଷ ଭାବେ ଶ୍ରୀ ଦାସ ଅତିରିକ୍ତ ଦାୟିତ୍ୱରେ ରହିବେ ।ସିଏମସି କମିଶନର ସହିତ ସିଡିଏର ଉପାଧ୍ୟକ୍ଷ ଭାବେ ଅତିରିକ୍ତ ଦାୟିତ୍ୱରେ ରହିଥିବା ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କୁ ପୁରୀ ଜିଲ୍ଲାପାଳ ଓ ଜିଲ୍ଲା ମାଜିଷ୍ଟ୍ରେଟ ଭାବେ ବଦଳି କରାଯାଇଛି । ବାଲେଶ୍ୱର ଜିଲ୍ଲାପାଳ ଓ ଜିଲ୍ଲା ମାଜିଷ୍ଟ୍ରେଟ ଦତ୍ତାତ୍ରେୟ ଭାଉସାହେବ ଶିନ୍ଦେଙ୍କୁ ମୟୂରଭଞ୍ଜ ଜିଲ୍ଲାପାଳ ଓ ଜିଲ୍ଲା ମାଜିଷ୍ଟ୍ରେଟ ଭାବେ ବଦଳି କରାଯାଇଛି ।

## କ୍ୟାନସରକୁ ରୋକିବ ୧୦୦ ଟଙ୍କିଆ ବଟିକା !



ଭୁବନେଶ୍ୱର,୨୮।୨(ପି.ଏନ): କ୍ୟାନସର ବା କର୍କଟ ରୋଗ କଥା ଶୁଣିବା ମାତ୍ରେ ସମସ୍ତଙ୍କ ଛାତିରେ ଛନକା ପଶେ। ଯେଉଁମାନେ କର୍କଟକୁ ମାତ ଦେଇ ସୁସ୍ଥ ହୁଅନ୍ତି, ସେମାନଙ୍କୁ ପୁଣିଥରେ ଏହି ରୋଗ ଭବିଷ୍ୟତରେ ଗ୍ରାସ କରିବାର ଆଶଙ୍କା ଥାଏ। ତେଣୁ କ୍ୟାନସର କେବେ ସଂପୂର୍ଣ୍ଣ ଭାବେ ଭଲ ହୁଏ ନାହିଁ ବୋଲି ସମସ୍ତେ ଜାଣିଛନ୍ତି। ହେଲେ କ୍ୟାନସରକୁ ମାତ ଦେବା ପାଇଁ ଆସିଯାଇଛି ଔଷଧ। ମାତ୍ର ୧୦୦ ଟଙ୍କାରେ କ୍ୟାନସରର ହେବ ସର୍ବନାଶ। ମୁମ୍ବାଇରେ ଥିବା ଟାଟା ଇନଷ୍ଟିଚ୍ୟୁଟର ଡାକ୍ତର ଓ ଗବେଷକମାନେ ଏମିତି ଏକ ଚିକିତ୍ସା ବ୍ୟବସ୍ଥା ବାହାର କରିଛନ୍ତି, ଯାହା କ୍ୟାନସରକୁ ପ୍ରତିରୋଧ କରିବ ।ଯଦି କେହି କ୍ୟାନସରରୁ ଭଲ ହୋଇଛନ୍ତି, ତା'ହେଲେ ଟାଟା ଇନଷ୍ଟିଚ୍ୟୁଟ ବାହାର କରିଥିବା ବଟିକା ଖାଇଲେ ପୁଣି କ୍ୟାନସର ହେବା ଆଶଙ୍କା ରହିବ ନାହିଁ ବୋଲି ହସ୍ପିଟାଲର ଡାକ୍ତରମାନେ ଦାବି କରିଛନ୍ତି।

## କଂଗ୍ରେସକୁ ଆସାମ ଝଟକା, ଦଳ ଛାଡିଲେ କାର୍ଯ୍ୟକାରୀ ସଭାପତି



ଭୁବନେଶ୍ୱର,୨୮।୨(ପି.ଏନ): ମହାରାଷ୍ଟ୍ର ଓ ହିମାଚଳ ପରେ ଏବେ କଂଗ୍ରେସକୁ ଆସାମରେ ଝଟକା ଲାଗିଛି। ଆସାମର କାର୍ଯ୍ୟକାରୀ ସଭାପିତି ରାଣା ଗୋସ୍ୱାମୀ ଆଜି କଂଗ୍ରେସକୁ ବାଏବାଏ କହିଛନ୍ତି। ସେ ଅଶୋକ ଚୌହାନ ଓ ମିଲିନ୍ଦ ଦେଓରାଙ୍କ ଭଳି ବିଜେପିରେ ମିଶିବେ ବୋଲି ଜଣାପଡିଛି। ରାଣା ଗୋସ୍ୱାମୀ ହେଉଛନ୍ତି ଜୋରହାଟର ପୂର୍ବତନ ବିଧାୟକ। ଆଜି ସେ କଂଗ୍ରେସର ସାଧାରଣ ସମ୍ପାଦକ କେସି ଭେନୁଗୋପାଲଙ୍କୁ ନିଜର ଇସ୍ତଫାପତ୍ର ପଠାଇ ଦେଇଛନ୍ତି। ସେ ନିଜ ଇସ୍ତଫାପତ୍ରରେ ଲେଖିଛନ୍ତି, "ମୁଁ ବିନମ୍ର ସହ କହିବାକୁ ଚାହୁଁଛି ଯେ ଆସାମ କଂଗ୍ରେସର କାର୍ଯ୍ୟକାରୀ ସଭାପତି ଓ ଜାତୀୟ କଂଗ୍ରେସର ସକ୍ରିୟ ସଦସ୍ୟ ପଦରୁ ଇସ୍ତଫା ଦେଉଛି।

## ଅଜଣା ରୋଗରେ ୨ ଯୁବକଙ୍କର ମୃତ୍ୟୁ; ଗାଁରେ ପହଞ୍ଚିଲା ମେଡିକାଲ ଟିମ୍

ରାୟଗଡା,୨୮।୨(ପି.ଏନ): ରାୟଗଡା ବ୍ଲକ ଅନ୍ତର୍ଗତ ଗାଜିଗାଁ ପଞ୍ଚାୟତର ବିଲେସୁ ଗ୍ରାମରେ ଅଜଣା ରୋଗର ଆତଙ୍କ। ଲୋକଙ୍କୁ ଜ୍ୱର ହେବା ସହ ପେଟ ବ୍ୟଥା ଓ ବାନ୍ତି କରି ଗୁରୁତର ହୋଇ ମୃତ୍ୟୁବରଣ କରୁଥିବା ଜଣାପଡିଛି। ଖବର ପାଇ ମେଡିକାଲ ଟିମ ବିଲେସୁ ଗ୍ରାମରେ ପହଞ୍ଚିଛି। ଗ୍ରାମବାସୀଙ୍କ କହିବା ଅନୁଯାୟୀ ଗତ ଦୁଇ ଦିନ ତଳେ ସାଧବ ରାଜବଂଶଙ୍କ ପୁଅକୁ ଜ୍ୱର ହୋଇଥିଲା। ସେ ଗୁରୁତର ହେବାରୁ ତାଂକୁ ପ୍ରଥମେ ରାୟଗଡା ଓ ପରେ କୋରାପୁଟ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା। କିନ୍ତୁ ତାଂକର ସେଠାରେ ମୃତ୍ୟୁ ହୋଇଥିଲା।

## ମାର୍ଚ୍ଚ ୧ ତାରିଖରେ ପ୍ରଦେଶ ଯୁବ କଂଗ୍ରେସ ପକ୍ଷରୁ ନବୀନ ନିବାସ ଘେରାଉ



ଭୁବନେଶ୍ୱର,୨୮।୨(ପି.ଏନ): ଆଜି ପ୍ରଦେଶ କଂଗ୍ରେସ କାର୍ଯ୍ୟାଳୟରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ପ୍ରଦେଶ ଯୁବ କଂଗ୍ରେସ ସଭାପତି ଶ୍ରୀ ରିତ ପାତ୍ର କହିଥିଲେ ଯେ ଦୀର୍ଘ ୨୪ ବର୍ଷର ନବୀନ ସରକାରରେ ଓଡ଼ିଶାର ଯୁବ ସମାଜ ଉପେକ୍ଷିତ, ଲୁଣ୍ଠିତ ଏବଂ ଅତ୍ୟାଚାରିତ। ଯୁବ ସମାଜର କର୍ମସଂସ୍ଥାନ ପାଇଁ ନବୀନ ସରକାରର କୌଣସି ସ୍ୱତନ୍ତ୍ର ଏବଂ ଉପଯୁକ୍ତ ଯୋଜନା ନାହିଁ। ବର୍ଷକୁ ୨ଲକ୍ଷ ନିଯୁକ୍ତି ଦେବାପାଇଁ ପ୍ରତିଶ୍ରୁତି ଦେଇଥିଲେ। ତାଙ୍କର ପ୍ରତିଶ୍ରୁତି ଅନୁଯାୟୀ ୨୪ ବର୍ଷରେ ୪୮ ଲକ୍ଷ ନିଯୁକ୍ତି ଦେବା କଥା, ଦୁଃଖର କଥା ଏହକିଯେ ନବୀନ ସରକାରରେ ୨ଲକ୍ଷ ୨୬ ହଜାର ପଦବୀ ଖାଲି ପଡ଼ିଛି। ଏବେ ୧୦ଲକ୍ଷ ବେକାର ଯୁବକ ଯୁବତୀ ନାମ ପିକରଣ କରାଇ ନିଯୁକ୍ତି ପାଇଁ ଚିତ୍କାର କରୁଛନ୍ତି।

ନିଯୁକ୍ତି ବା କର୍ମସଂସ୍ଥାନ ନ ମିଳିବାରୁ ଓଡ଼ିଶାର ଶିକ୍ଷିତ ବେକାର ଯୁବକ ଯୁବତୀ ବାହାର ରାଜ୍ୟକୁ ଯାଇ ଦାଦନ ଖଟୁଛନ୍ତି। ମୁଖ୍ୟମନ୍ତ୍ରୀଙ୍କର ନିଜ ଜିଲ୍ଲା ଗାମରୁ ଲକ୍ଷ ଲକ୍ଷ ଯୁବକ ସୁରାଟ ଯାଇ ଜୀବନ ଜୀବିକା ନିର୍ବାହ ପାଇଁ ସଂଗ୍ରାମ କରୁଛନ୍ତି। ଆନ୍ଧ୍ରର ଇଟାଭାଟିର ମାଲିକ ଓଡ଼ିଆ ଯୁବକଙ୍କୁ ପଶୁଭଳି ଖଟାଉଛନ୍ତି। ପ୍ରତିବାଦ କଲେ ହାତ ହାଣି ଦେଉଛନ୍ତି। ଓଡ଼ିଶାର ପ୍ରାକୃତିକ ସମ୍ପଦକୁ ବ୍ୟବହାର କରି ଯେଉଁ ଘରୋଇ ଶିଳ୍ପ ହୋଇଛି, ସେଥିରେ ବିଶେଷ କରି ସ୍ଥାନୀୟ ବା ଓଡ଼ିଶାର ଯୁବକ ଯୁବତୀଙ୍କୁ ନିଯୁକ୍ତି ଦେବାରେ ଉଦାସୀନତା ପ୍ରଦର୍ଶନ ହୋଇଛି। ଘରୋଇ ଶିଳ୍ପ ଓ ନବୀନ ସରକାରର ମଧୁଚନ୍ଦ୍ରିକାରେ ଓଡ଼ିଶାର ଯୁବକ ଯୁବତୀମାନଙ୍କର ସ୍ୱାର୍ଥ ଅବହେଳିତ। ଶିଳ୍ପାଂଚଳର ଯୁବକ ଯୁବତୀମାନେ ଧୂଳି,ଧୂଆଁ, ଧୂଷର ଯୋଗୁଁ ଏକ ବିପଦ ସଂକୁଳ ପରିବେଶରେ ଜୀବନ ଯାପନ କରୁଛନ୍ତି, ରୋଗାଗ୍ରସ୍ତ ହେଉଛନ୍ତି। ସେମାନଙ୍କର ଅଂଚଳରୁ ଖଣିଜ ସମ୍ପଦ ଲୁଟ ହେଉଛି। ମାତ୍ର ସେଠାରେ ଅବସ୍ଥାପିତ ଘରୋଇ ଶିଳ୍ପରେ ନିଯୁକ୍ତ ପାଇଁ ସ୍ଥାନୀୟ ଯୁବକ ଯୁବତୀଙ୍କର ଅଧିକାର ନାହିଁ।

ନିର୍ବାଚନ ଆସିଲେ ନବୀନ ସରକାର ଯୁବ ସମାଜକୁ ଭୂଆଁ ବୁଲାଇବାକୁ ନୂଆ ଯୋଜନା ଘୋଷଣା କରନ୍ତି। ୨୦୧୯ ନିର୍ବାଚନ ପୂର୍ବରୁ 'ବିଜୁ ଯୁବ ବାହିନୀ' ଘୋଷଣା ହେଲା। ରାଜ୍ୟ ରାଜକୋଷରୁ ୪୫୦ କୋଟି ଟଙ୍କା ବ୍ୟୟ କରି ନବୀନ ସରକାର ଦଳୀୟ କର୍ମୀ ପୋଷଣ କଲେ। ଏବେ ସେହି 'ବିଜୁ ଯୁବବାହିନୀ' ଯୋଜନା ଆଉନାହିଁ। ୨୦୨୪ ନିର୍ବାଚନରେ ଯୁବ ଭୋଟରଙ୍କୁ ଆକର୍ଷିତ କରିବାପାଇଁ ଯେଉଁ 'ସ୍ୱୟମ' ଯୋଜନା ପ୍ରଣୟନ କରିଛନ୍ତି ତାହା କେବଳ ଭୂଆଁ ବୁଲାଇବାକୁ ଉଦ୍ଦିଷ୍ଟ। ଖୁବ ଶୀଘ୍ର ଆଚରଣ ବିଧି ଲାଗୁ ହେଉଥିବାରୁ ଏହି ଯୋଜନାରେ ଅଧିକ ଯୁବକ ଯୁବତୀ ସାମିଲ ହୋଇପାରିବେ ନାହିଁ ଏବଂ ନିର୍ବାଚନ ପରେ 'ବିଜୁ ଯୁବାହିନୀ' ପରୀ 'ସ୍ୱୟମ' ଯୋଜନା ବି ନଥିବ। ଏହି ଯୋଜନାର ଅବଧି ମାତ୍ର ୨ବର୍ଷ ସମୟ ରଖାଯାଇଛି। ୨୦୨୪ ନିର୍ବାଚନରେ ନବୀନ ସରକାରର ଅ' ଘଟିବ। ତେଣୁ ଏହି ଯୋଜନାର ଭବିଷ୍ୟତହିଁ ନାହିଁ। ଯଦି ବେକାର ଯୁବକଯୁବତୀ ମାନଙ୍କ ପାଇଁ ଦରଦ ଥିଲା ତେବେ ୨୪ ବର୍ଷ ଭିତରେ ଏହି ଯୋଜନା ପ୍ରଣୟନ ହେଲାନାହିଁ କାହିଁକି ?

ଓଡ଼ିଶାବାସୀଙ୍କୁ ସୁଶାସନର ପ୍ରତିଶ୍ରୁତି ଦେଇଥିବା ନବୀନ ସରକାର ସବୁକ୍ଷେତ୍ରରେ ବିଫଳ ହୋଇଛନ୍ତି। ଶିକ୍ଷା, ସ୍ୱାସ୍ଥ୍ୟ, ଆଇନ ଶୃଙ୍ଖଳା ଆଜି ବିପର୍ଯ୍ୟସ୍ତ। ଓଡ଼ିଶାର ୩ ହଜାର ସ୍କୁଲରେ ମାତ୍ର ଜଣେ ଜଣେ ଶିକ୍ଷକ ରହିଛନ୍ତି। ବିଶେଷକରି ଡିଗ୍ରୀ କଲେଜ ଏବଂ ୟୁନିଭରସିଟି ମାନଙ୍କରେ ଅର୍ଦ୍ଧାଧିକ ଶିକ୍ଷକ ଓ ଅଣଶିକ୍ଷକ ପଦବୀ ଖାଲି ପଡ଼ିଛି। ଓଡ଼ିଶାର ୧୭ଟି ବିଶ୍ୱବିଦ୍ୟାଳୟ ମଧ୍ୟରୁ ମାତ୍ର ୯ଟି ବିଶ୍ୱବିଦ୍ୟାଳୟରେ କୁଳପତି ଅଛନ୍ତି। ଜଣେ ଜଣେ କୁଳପତି ଦୁଇ ଦୁଇଟି ବିଶ୍ୱବିଦ୍ୟାଳୟର ଦାୟୀତ୍ୱରେ ରହିଛନ୍ତି। ବିଶ୍ୱବିଦ୍ୟାଳୟ ମାନଙ୍କରେ ୬୦ ପ୍ରତିଶତ ପ୍ରଫେସର, ଆସୋସିଏ ପ୍ରଫେସର ଏବଂ ଆସିଷ୍ଟାଣ୍ଟ ପ୍ରଫେସର ପଦବୀ ଖାଲି ପଡ଼ିଛି। ଏସବୁ ପଦବୀ ଗୁଡ଼ିକ ବର୍ଷ ବର୍ଷ ଧରି ପୂରଣ କରାଯାଉନାହିଁ। ବିଶ୍ୱବିଦ୍ୟାଳୟ ଓ ମହାବିଦ୍ୟାଳୟମାନଙ୍କରେ କେବଳ ରାଜ୍ୟ ମୁଖ୍ୟମନ୍ତ୍ରୀ ଓ ପ୍ରଧାନମନ୍ତ୍ରୀଙ୍କର ସେଲଫି ପଏଂଟ କରି ଛାତ୍ରମାନଙ୍କୁ ଫଟୋ ଉଠାଇବା ଏବଂ ରିଲ କରି ଛାଡ଼ିବାପାଇଁ ବାଧ କରାଯାଉଛି। ଏହା କଣ ଆମ ଗୁଣାତ୍ମକ ଶିକ୍ଷା ବ୍ୟବସ୍ଥା ଭିତରେ ଅର୍ନ୍ତଭୁକ୍ତ କି? ଓଡ଼ିଶା ସରକାରୀ ସ୍ୱାସ୍ଥ୍ୟ ସେବାରେ ୧୫,୭୭୪ ଡାକ୍ତର ପଦବୀ ରହିଥିବା ବେଳେ ମାତ୍ର ୭୫୬୧ ପଦବୀ ଖାଲି ପଡ଼ିଛି। ରୋଗୀ ଖଟିଆରେ ବୁହାହୋଇ ଡାକ୍ତରଖାନା ଆସୁଛନ୍ତି। ଓଡ଼ିଶାରେ ଦିନକୁ ୯ଜଣ ମହିଳା ଦୁଷ୍କର୍ମର ଶିକାର। ବେବିନା, ଇତିଶ୍ରୀ, ମାଧବୀଲତା, ସ୍ମିତାରାଣୀ, ମମିତା ମେହେର ପ୍ରଭୃତିଙ୍କ ପରିବାରଙ୍କୁ ନବୀନ ସରକାର ନ୍ୟାୟ ଦେଇପାରିଲେ ନାହିଁ। ମହିଳା ଦୁଷ୍କର୍ମ ଓ ହତ୍ୟା ଘଟଣାରେ ବିଜୁ ଜନତା ଦଳର ବିଧାୟକ, ମନ୍ତ୍ରୀ ଓ ନେତା ସଂପୃକ୍ତ ରହିଥିବାରୁ ଅପରାଧିଙ୍କୁ ସରକାର ଦଣ୍ଡିତ କରିପାରୁନାହାଁନ୍ତି। ଥାନା ବିଜୁ ଜନତା ଦଳର ସରକାରୀ କାର୍ଯ୍ୟାଳୟରେ ପରିଣତ ହୋଇଛି। ସାଧାରଣ ଜନତାଙ୍କୁ ନ୍ୟାୟ ମିଳୁନାହିଁ। ଓଡ଼ିଶାର ଚାଷୀ ଦେଶର ଅନ୍ୟ ରାଜ୍ୟ ତୁଳନାରେ ସବୁଠାରୁ ଗରିବ। କୃଷକର ପରିବାରର ଆୟ ମାସକୁ ୫୧୧୨ ଟଙ୍କା ମାତ୍ର। ୪୬ ପ୍ରତିଶତ ଚାଷୀ ଶୋଚନୀୟ ଭାବେ ଋଣବୋଝରେ ହ'ସ'। ନବୀନ ସରକାର ଦୁର୍ନୀତିରେ ବୁଡ଼ି ରହିଛି। ସରକାରୀ ଯୋଜନାରେ ୪୦ପ୍ରତିଶତ ପିସି ନିଆଯାଉଛି। ଖଣି ଦୁର୍ନତି, ପାଣି ଦୁର୍ନୀତି, ଚିଟଫଣ୍ଡ ଦୁର୍ନୀତି, ଜମି ଦୁର୍ନୀତି, ଡାଲି ଦୁର୍ନୀତି, ବିଜୁଳି ଦୁର୍ନୀତି, ଛାତ୍ରବୃତି ଦୁର୍ନୀତି ପ୍ରଭୃତି ଦୁର୍ନୀତି ପାଇଁ ନବୀନ ସରକାର ଏକ ଦୁର୍ନୀତିଖୋର ସରକାର ଭାବେ ପରିଗଣିତ। ରାଜ୍ୟରେ ଦରଦାମ ବୃଦ୍ଧି ଉତ୍କଟ ଥିବା ବେଳେ ଏହାକୁ ନିୟନ୍ତ୍ରଣ କରିବାକୁ ରାଜ୍ୟ ସରକାର ଚେଷ୍ଟିତ ନାହାଁନ୍ତି। ଓଡ଼ିଶାରେ ଅସାଧୁ ବ୍ୟବସାୟୀ ଓ ନବୀନ ସରକାର ମଧ୍ୟରେ ମଧୁଚନ୍ଦ୍ରିକା ଚାଲିଛି। ସୁତରାଂ ଓଡ଼ିଶାର ସାଧାରଣ ଜନତାଙ୍କ ସ୍ୱାର୍ଥ ବିରୋଧି ନବୀନ ସରାକାରକୁ ହଟାଇବା ପାଇଁ ଆସ'। ମାର୍ଚ୍ଚ ୧ ତାରିଖରେ ନବୀନ ନିବାସ ଘେରାଉ କରାଯିବ। ଆମର ଆହ୍ୱାନ- 'ନବୀନ ହଟାଅ, ଓଡ଼ିଶା ବଂଚାଅ'। ଏହି କାର୍ଯ୍ୟକ୍ରମରେ ଅଖିଳଭାରତ ଯୁବ କଂଗ୍ରେସ ସଭାପତି ସମ୍ମାନନୀ ଶ୍ରୀ ବି.ଭି. ଶ୍ରୀନିବାସ ଏବଂ ପ୍ରଦେଶ କଂଗ୍ରେସ ସଭାପତି ସମ୍ମାନନୀୟ ଶ୍ରୀ ଶରତ ପଟ୍ଟନାୟକ ଯୋଗଦେବାର କାର୍ଯ୍ୟକ୍ରମ ରହିଛି। ଏହି ସାମ୍ବାଦିକ ସମ୍ମିଳନୀରେ ଓଡ଼ିଶାର ଯୁବକମାନେ ନିଜର ହକ ଓ ନ୍ୟାୟ ଦାବିରେ ଏହି କାର୍ଯ୍ୟକ୍ରମରେ ଯୋଗଦେବାକୁ ଅଖିଳ ଭାରତ ଯୁବ କଂଗ୍ରେସର ସାଧାରଣ ସଂପାଦକ ତଥା ଓଡ଼ିଶା ପ୍ରଭାରୀ ଶ୍ରୀ ମିଳିନ୍ଦ ଗୌତମ ଅନୁରୋଧ କରିଛନ୍ତି। ଏହି ସାମ୍ବାଦିକ ସମ୍ମିଳନୀରେ 'ନବୀନ ହଟାଅ, ଓଡ଼ିଶା ବଂଚାଅ' ପୋଷ୍ଟର ମଧ ଉନ୍ମୋଚନ କରାଯାଇଛି। ଏହି ସାମ୍ବାଦିକ ସମ୍ମିଳନୀରେ ଯୁବ କଂଗ୍ରେସ ମିଡିଆ ସେଲର ଅଧ୍ୟକ୍ଷ ତଥା ରାଜ୍ୟ ସାଧାରଣ ସଂପାଦକ ସୁଦୀପ ସାମଲ, ରାଜ୍ୟ ସାଧାରଣ ସଂପାଦକ ନିହାର ରନ ବେହେରା, ଗୋପନ ମାର୍ଥା, ପିସିସି ସାଧାରଣ ସଂପାଦକ ମନୋଜ ବିଶ୍ୱାଳ, ଭୁବନେଶ୍ୱର ଜିଲ୍ଲା ଯୁବ କଂଗ୍ରେସ ସଭାପତି ମହମ୍ମଦ ଗୁଲଫାମ, ସ୍ୱାଗତ କର ପ୍ରମୁଖ ଉପସ୍ଥିତ ଥିଲେ।

## ଶଙ୍ଖ ଭବନରେ ବୈଠକ ପରେ ନବୀନ ନିବାସ ଗଲେ ଦୁଇ ବିଧାୟକଙ୍କ ସହିତ ବିଜେଡି ସାଂଗଠନିକ ସମ୍ପାଦକ



ଭୁବନେଶ୍ୱର,୨୮।୨(ପି.ଏନ): ପୁରୀ ଜିଲ୍ଲା ସତ୍ୟବାଦୀକୁ ନେଇ ଦୁଇ ବିଧାୟକଙ୍କ ମଧ୍ୟରେ ଉପୁଜିଥିବା ବିବାଦ ନବୀନ ନିବାସରେ ପହଞ୍ଚିଛି। ସ୍ଥାନୀୟ ଶଙ୍ଖ ଭବନର ଆୟୋଜିତ ବୈଠକ ପରେ ବିଧାୟକ ଉମା ସାମନ୍ତରାୟ ଓ ସଂଜୟ ଦାସବର୍ମାଙ୍କ ସହିତ ସାଂଗଠନିକ ସମ୍ପାଦକ ପ୍ରଣବ ପ୍ରକାଶ ଦାସ ନବୀନ ନିବାସକୁ ଯାଇଛନ୍ତି।








## ଟି ଟାଇମ୍

## ଶହେ ବର୍ଷ ପରେ କନ୍ୟା ସନ୍ତାନ



ଇଂଲଣ୍ଡର ସିଲଭରଟନ ପରିବାରରେ ଦୀର୍ଘ ଶହେ ବର୍ଷ ପରେ ଏକ କନ୍ୟା ସନ୍ତାନ ଜନ୍ମ ହୋଇଛି । ଗତ ଚାରି ପିଢ଼ି ଧରି ଏହି ପରିବାରରେ କେବଳ ପୂତ୍ର ସନ୍ତାନ ଜନ୍ମ ହେଉଥିଲେ । ଉକ୍ତ ପରିବାରରେ ୧୯୧୩ଠାରୁ ବର୍ତ୍ତମାନ ପର୍ଯ୍ୟନ୍ତ ୧୬ଟି ପୁଅ ଜନ୍ମ ହୋଇଛନ୍ତି । ଦୀର୍ଘ ଦିନ ଧରି ଏହି ପରିବାର କନ୍ୟା ସନ୍ତାନକୁ ଅପେକ୍ଷା କରି ରହିଥିଲେ । ଏହା ପୂର୍ବରୁ ଉକ୍ତ ପରିବାରରେ ୧୦୧ ବର୍ଷ ତଳେ ଝିଅ ଜନ୍ମ ହୋଇଥିଲା ।

## ଟର୍ମିନେଟର୍ ବ୍ୟକ୍ତି



ନିଜେଲ ଆର୍କଲ୍ୟାଣ୍ଡ। ତାଙ୍କ ବୟସ ୫୩ ବର୍ଷ। ସେ ନିଜକୁ ପ୍ରସିଦ୍ଧ ହଲିଉଡ୍ ଫିଲ୍ମ ଟର୍ମିନେଟର୍ ଆର୍ନଲ୍ଡ ଶ୍ୱାଜର୍ଶେଗର ଭାବୁଛନ୍ତି। ଏହାର କାରଣ ସେ ନିଜ ହାତରେ ଏକ ବାୟୋଇଲେକ୍ଟ୍ରିକ୍ ପ୍ରୋସ୍ଥେଟିକ୍ ଆର୍ମ ଲଗାଇଛନ୍ତି। ହାର୍ଟ ଫୋର୍ଡଶାୟର୍‌ରେ ବାସ କରୁଥିବା ନିଜେଲ୍ କାରଖାନାରେ ହୋଇଥିବା ଏକ ଦୁର୍ଘଟଣାରେ ନିଜ ହାତ ହରାଇ ବସିଥିଲେ। ତେଣୁ ସେ ଏବେ ଗୋଟିଏ ପ୍ରୋସ୍ଥେଟିକ୍ ହାତ ଲଗାଇଥିବା ଜଣାପଡିଛି। ‘ବେବୋନିକ୍ ୩’ ବର୍ତ୍ତମାନର ସବୁଠାରୁ ଭଲ ବାୟୋଇଲେକ୍ଟ୍ରିକ୍ ହାତ। ଏହି ପ୍ରୋସ୍ଥେଟିକ୍ ଆର୍ମ ବ୍ୟକ୍ତିଙ୍କ ମାଂସପେଶୀରୁ ମିଳୁଥିବା ସଂକେତକୁ ଗ୍ରହଣ କରିଥାଏ। ଏହାର ଆଧାରରେ ଏହି ହାତ ତୁରନ୍ତ କାମ କରିବା ଆରମ୍ଭ କରିଥାଏ ଏବଂ ଯେକୌଣସି କାମକୁ ସଠିକ୍ ପରିଣାମ ଦେଇଥାଏ। ଏହି କୃତ୍ରିମ ହାତ ଏତେ ପ୍ରଭାବିତ ଯେ, ଏହା ସାହାଯ୍ୟରେ ଭଲ ହ୍ୟାଣ୍ଡ ରାଇଟିଂରେ ମଧ୍ୟ ଆପଣ ଲେଖିପାରିବେ। ‘ବେବୋନିକ୍-୩’ରେ ୧୪ ପ୍ରକାରର ହ୍ୟାଣ୍ଡ ପୋଜିସନ୍ ଏବଂ ଗ୍ରିପ୍ ରହିଛି। ଏହି ହାତକୁ ପିନ୍ଧିଥିବା ବ୍ୟକ୍ତି ସେହି ସବୁ କାମ କରିପାରିବେ, ଯାହା ଜଣେ ସାଧାରଣ ବ୍ୟକ୍ତି କରିପାରେ। ଏହି କୃତ୍ରିମ ହାତଟିକୁ କାର୍ବନ୍ ଫାଇବର୍‌ରେ ତିଆରି କରାଯାଇଛି। ଏହି କୃତ୍ରିମ ହାତ ସହିତ ଗୋଟିଏ ତ୍ୱଚା ରଙ୍ଗର ଗ୍ଲୋବ୍ସ ମଧ୍ୟ ଦିଆଯାଇଥାଏ, ଯାହାକୁ ପିନ୍ଧିବା ଦ୍ୱାରା ଏହା ପୁରାପୁରି ଅସଲି ହାତ ଭଳି ଲାଗିବ। ହଲିଉଡ୍ ଫିଲ୍ମ ଟର୍ମିନେଟ୍‌ରେ ଆର୍ଣ୍ଣଲ୍ଡ ମଧ୍ୟ କୃତ୍ରିମ ହାତର ପ୍ରୟୋଗ କରିଥିଲେ, ତେଣୁ ନିଜେଲ୍ ମଧ୍ୟ ଏବେ ସେହି ଫିଲ୍ମରୁ ପ୍ରଭାବିତ ହୋଇ ନିଜକୁ ଟର୍ମିନେଟ୍‌ର ବ୍ୟକ୍ତି ବୋଲି କହୁଥିବା ଜଣାପଡିଛି।

## ଚର୍ଚ୍ଚାରେ ‘ହରାମ୍‌ଖୋର’



ନୱାଜଉଦ୍ଦିନ ସିଦ୍ଦିକି ଓ ଶ୍ୱେତା ତ୍ରିପାଠୀଙ୍କ ଅଭିନୀତ ଫିଲ୍ମ ‘ହରାମ୍‌ଖୋର’ର ଟ୍ରେଲର ରିଲିଜ କରାଯାଇଛି। ପୂର୍ବରୁ ଫିଲ୍ମକୁ ନେଇ କିଛି ସମସ୍ୟା ଦେଖାଦେଇଥିଲା। ମାତ୍ର ଫିଲ୍ମଟି ସମାଜକୁ ଏକ ସୁନ୍ଦର ବାର୍ତ୍ତା ପ୍ରଦାନ କରୁଥିବାରୁ ଏହାର ବ୍ୟାନକୁ ହଟାଇଦିଆଯାଇଛି। ଗୁଜୁରାଟର ଏକ ଛୋଟ ଗାଁରେ ସୁଟିଂ କରାଯାଇଛି ସମ୍ପୂର୍ଣ୍ଣ ଫିଲ୍ମ। ଶ୍ଲୋକ ଶର୍ମାଙ୍କ ନିର୍ଦ୍ଦେଶନାରେ ମାତ୍ର ୧୬ଦିନରେ ଶେଷ ହୋଇଛି ପୂରା ଫିଲ୍ମର ସୁଟିଂ। ଫିଲ୍ମର କାହାଣୀରେ ଜଣେ ୧୪ବର୍ଷର ଝିଅର ନିଜ ପ୍ରଫେସରଙ୍କ ସହ ପ୍ରେମକାହାଣୀକୁ ଦର୍ଶାଯାଇଛି। ନିଛକ ଗାଁର ଛବି ଓ ଏହାର ସଙ୍ଗୀତ ଟ୍ରେଲରଟିକୁ ଅଧିକ ଆକର୍ଷଣୀୟ କରିଛି।

## ପୁରାଣ କାହାଣୀ

# ମୂଷାଙ୍କ ମନ୍ଦିର



ଭାରତର ରାଜସ୍ଥାନରେ ବିଭିନ୍ନ ପ୍ରକାର ଲୋକ ଦେଖିବାକୁ ମିଳୁଥିବା ବେଳେ ସେମାନଙ୍କର ପରମ୍ପରା ମଧ୍ୟ ଅଲଗା ପ୍ରକାରର ହୋଇଥାଏ । ଥାର ମରୁଭୂମି ନିକଟରେ ଦେଶନୋକେ ନାମକ ଏକ ଛୋଟ ସହର ରହିଛି । ଯେଉଁଠାରେ କରଣୀ ମାତା ମନ୍ଦିର ରହିଛି । ଏହି ମନ୍ଦିର ସେଠାରେ ଥିବା ଅନ୍ୟ ହିନ୍ଦୁ ମନ୍ଦିର ମଧ୍ୟରୁ ଗୋଟିଏ । କରଣୀ ମନ୍ଦିରକୁ ନେଇ ଲୋକମାନଙ୍କ ମନରେ ଅନେକ ଆଧ୍ୟାତ୍ମିକ ଭାବନା ରହିଛି । ମନ୍ଦିରରେ କରଣୀ ମାତାଙ୍କୁ ପୂଜା କରିବା ସହିତ ସେଠାରେ ମୂଷାମାନଙ୍କୁ ମଧ୍ୟ ପୂଜା କରାଯାଏ । ଆଶ୍ଚର୍ଯ୍ୟର କଥା ସେଠାରେ ଗୋଟିଏ ଦୁଇଟି ମୂଷା ନୁହେଁ ବରଂ ପାଖାପାଖି ୨୦ହଜାର ମୂଷା ରହନ୍ତି ସେହି ମନ୍ଦିରରେ । ସେଠାକାର ମୂଷାମାନେ କବାସ୍ ନାମରେ ପରିଚିତ। ଲୋକକଥା ଓ ପରମ୍ପରା ଅନୁସାରେ, ମୂଷାମାନଙ୍କୁ ନେଇ ଦୁଇଟି କାହାଣୀ ରହିଛି । କୁହାଯାଏ ସେଠାରେ ଜନ୍ମ ହୋଇଥିବା ସବୁ ଶିଶୁ ମୂଷା ହୋଇ ଜନ୍ମ ନେଲେ। ଦ୍ୱିତୀୟତଃ ୨୦ହଜାର ମୂଷାଙ୍କୁ ସୈନିକ ସଦୃଶ ନିୟୋଜିତ କରାଯାଇଥିଲା।

# ମା’ କ୍ଷୀର ପରି ଉପକାରୀ ନଡ଼ିଆ ରସ



ଶିଶୁଟି ପାଇଁ ମା’ର କ୍ଷୀର ସ୍ୱାସ୍ଥ୍ୟକର ଏବଂ ଲାଭଦାୟକ ମଧ୍ୟ । କିନ୍ତୁ ନିକଟରେ କରାଯାଇଥିବା ଏକ ରିସର୍ଚ୍ଚରୁ ଜଣାଯାଇଛି ଯେ, ମା’ର କ୍ଷୀର ଭଳି ନଡ଼ିଆ କ୍ଷୀରରେ ମଧ୍ୟ ଅନୁରୂପ ତତ୍ତ୍ୱ ରହିଛି ଯାହା ଛୋଟ ଶିଶୁମାନଙ୍କ ପାଇଁ ଉପାଦେୟ । ଏପରି ମତ ପ୍ରକାଶ କରିଛି ନଡ଼ିଆ ବିକାଶ ବୋର୍ଡ । ନଡ଼ିଆ ରସକୁ ବ୍ୟବହାର କରି ଖାଦ୍ୟ ପ୍ରସ୍ତୁତ କରାଯାଇପାରିବ । ନଡ଼ିଆ ବିକାଶ ବୋର୍ଡର ଅଧକ୍ଷ ଟି.କେ. ଯୋଶ କହିଛନ୍ତି ପଶୁମାନଙ୍କର ଦୁଧରେ ଲାକ୍ଟୋଜ(ଏକ ପ୍ରକାରର ଶର୍କରା) ରହିଛି । କିନ୍ତୁ ନଡ଼ିଆ କ୍ଷୀରରେ ଲାକ୍ଟୋଜ ନଥାଏ । ମାଲେସିୟା, ଥାଇଲ୍ୟାଣ୍ଡ, ଶ୍ରୀଲଙ୍କା ଏବଂ ଭିଏତ୍‌ନାମା ଭଳି ଦେଶରେ ଶିଶୁମାନଙ୍କୁ ମା’ର ଦୁଧ ନ ମିଳିପାରିବା ସ୍ଥିତିରେ ଗାଈ ଦୁଧର ବ୍ୟବହାର ଅଧିକ ହୋଇଥାଏ । ନଡ଼ିଆ କ୍ଷୀରକୁ ପ୍ରାକୃତିକ ସ୍ୱାସ୍ଥ୍ୟ ରୂପରେ ମାନ୍ୟତା ମିଳିଛି । ରନ୍ଧା ହୋଇଥିବା ନଡ଼ିଆ କୋରାରୁ ନଡ଼ିଆ କ୍ଷୀର ବାହାର କରାଯାଇଥାଏ । କେତେକ ଦେଶରେ ନଡ଼ିଆ କ୍ଷୀରକୁ ନଡ଼ିଆ ରସ ବୋଲି ମଧ୍ୟ କୁହାଯାଇଥାଏ । ନଡ଼ିଆ ବିକାଶ ବୋର୍ଡର ଅଧିକାରୀ ଏନି ଇୟାପେନ ଏବଂ ଅନିତା ଜାୟ କହିଛନ୍ତି ନଡ଼ିଆ ରସରେ କୋଲେଷ୍ଟ୍ରଲ ନାହିଁ । କିନ୍ତୁ କାର୍ବୋହାଇଡ୍ରେଟ୍ସ ୧୫ରୁ ୧୬ପ୍ରତିଶତଃ ପର୍ଯ୍ୟନ୍ତ ରହିଛି ।

# କୁକୁରଙ୍କୁ ଅପମାନିତ କଲେ ଜେଲ



ଥାଇଲ୍ୟାଣ୍ଡରେ ରାଜକୀୟ ନିନ୍ଦାକୁ ନେଇଁ ସେଠାରେ ଭିନ୍ନ ଭିନ୍ନ କଠୋର ଦଣ୍ଡର ବ୍ୟବସ୍ଥା ରହିଥିବାର ଦେଖିବାକୁ ମିଳିଥାଏ । ବର୍ତ୍ତମାନ ଏକ ରାଜବଂଶର ଅପମାନକୁ ନେଇଁ ଜଣେ ବ୍ୟକ୍ତିଙ୍କୁ ଜେଲ୍ ହୋଇଗଲା କାରଣ ସେ ରାଜାଙ୍କ କୁକୁରକୁ ଅପମାନି ତ କରିଥିଲେ । ଓକିଲ ପାବିନି ଚମଶ୍ରୀଙ୍କ ମତରେ ୨୭ବର୍ଷୀୟ ଥନାକୋର୍ଣ୍ଣ ସିରିପାଇବୁନ୍ ନାମକ ଜଣେ ବ୍ୟକ୍ତି ସୋସିଆଲ୍ ସାଇଟ୍ ଫେସ୍‌ବୁକ୍‌ରେ ରାଜା ଏବଂ ତାଙ୍କର କୁକୁରକୁ ନେଇଁ ଏକ ବ୍ୟଙ୍ଗାତ୍ମକ ଟିପ୍ପଣୀ ଦେଇଥିଲେ । ଫେସ୍‌ବୁକ୍‌ରେ ଛଅ ଡିସେମ୍ବରକୁ ପୋଷ୍ଟ କରାଯାଇଥିଲା ସର୍ବମୋଟ ତିନୋଟି ଫଟୋ । ଏହି ଅପଲୋଡ୍ କରାଯାଇଥିବା ଫଟୋ ମଧ୍ୟରେ ରାଜାଙ୍କର କୁକୁର ଉପରେ ବ୍ୟଙ୍ଗ କରାଯାଇଥିଲା । ଏହାପରେ ପୋଲିସ ବ୍ୟଙ୍ଗ ଟିପ୍ପଣି ଦେଇଥିବା ଉକ୍ତ ବ୍ୟକ୍ତି ଜଣଙ୍କୁ ଗିରଫ କରେଇନେଇଥିଲା । ଫେସ୍‌ବୁକ୍‌ରେ ରାଜାଙ୍କର ପରିହାସ କରିଥିବା ଫଟୋକୁ ଲାଇକ୍ କରିବା ଏବଂ ତାକୁ ସେୟାର କରିବା ଓ ଭ୍ରଷ୍ଟାଚର ବଢେଇବା ମାମଲାରେ ଏକ ଇନ୍‌ଫୋଗ୍ରାଫ ସେୟାର କରିବା ମାମଲାରେ ରାଜଦ୍ରୋହି, ରାଜ ନିନ୍ଦା ଏବଂ କମ୍ପୁଟର ଅପରାଧର ମାମଲା ବି ଦାଖଲ କରାଯାଇଛି । ଏହି ମାମଲାରେ ୩୭ବର୍ଷ ପର୍ଯ୍ୟନ୍ତ ଜେଲ ହୋଇପାରେ । ଥାଇଲ୍ୟାଣ୍ଡ ସେହି ଦେଶମାନଙ୍କ ମଧ୍ୟରେ ଗଣାଯାଏ ଯେଉଁଠାରେ ରାଜ ନିନ୍ଦାକୁ ନେଇ ଆଇନ ଲାଗୁ ହୋଇଥାଏ । ରାଜା, ରାଣୀ କିମ୍ବା ତାଙ୍କର କୌଣସି ରାଜକୀୟ ମାମଲାକୁ ନେଇଁ ପ୍ରତ୍ୟେକ ମମଲାର ଦୋଷୀମାନଙ୍କୁ ୧୫ବର୍ଷର ଜେଲ୍ ଦଣ୍ଡା ଦେଶ ହେବାର ନିୟମ ରହିଥାଏ ।

# ଦୃଷ୍ଟିହୀନଙ୍କର ଆଶା ବାଡ଼ି




ଦେଖିବାରେ ଅସମର୍ଥ ଲୋକମାନଙ୍କ ପାଇଁ ଏକ ଭଲ ଖବର । ଏବେ ତୁରନ୍ତ ତାଙ୍କ ସମସ୍ୟାର ସମାଧାନ ହୋଇଯିବ । ବ୍ରିଟିଶ ବୈଜ୍ଞାନିକମାନେ ଏପରି ଏକ ଚଷମା ପ୍ରସ୍ତୁତ କରିଛନ୍ତି, ଯାହାକୁ ପରିଧାନ କରିବା ପରେ ଠିକ୍ ଭାବରେ ଦେଖାଯାଉନଥିବା ଜିନିଷ ଦେଖାଯାଇଥାଏ। ଏହି ଖାସ ଚଷମାଜକୁ ବିକସିତ କରୁଥିବା ବୈଜ୍ଞାନିକମାନେ କୁହନ୍ତି, ଏଥିରେ ଏକ ସୁକ୍ଷ୍ମ କ୍ୟାମେରା ଲାଗାଯାଇଛି, ଯାହା ସମସ୍ତ ଜିନିଷକୁ ଚିହ୍ନିପାରେ । ଯେପରି ଫ୍ରିଜ ଭିତରେ ରହିଥିବା ଜିନିଷ, ଦୋକାନରେ ରହିଥିବା ଦ୍ରବ୍ୟ ଇତ୍ୟାଦି। ଏହି କ୍ୟାମେରା ଥରେ ଗୋଟିଏ ଜିନିଷକୁ ଦେଖିବା ପରେ ତାକୁ ସେ ଧ୍ୱନୀ ସଂକେତରେ ବଦଳି ଦେଇଥାଏ । ଯାହାଦ୍ୱାରା ଚଷମା ପିନ୍ଧୁଥିବା ବ୍ୟକ୍ତି ମୋବାଇଲ୍ ଆପ୍ଲିକେଶନ ଏବଂ ଇୟରପିସ୍‌ର ସାହାଯ୍ୟରେ ଶୁଣିପାରେ । ଏହି ଚଷମା ଏତେ କାର୍ଯ୍ୟକାରୀ ଯେ, ଏହାକୁ ବ୍ୟବହାର କରୁଥିବା ବ୍ୟକ୍ତିମାନେ ସାମାନ୍ୟ ବହି ପଢିପାରିବେ । ଯଦି ଅକ୍ଷରଗୁଡ଼ିକ ଅତି ଛୋଟ ରହିଥାଏ ତେବେ ଏହି କ୍ୟାମେରାକୁ ଜୁମ୍ ଇନ୍ ବି କରାଯାଇପାରିବ । ବୈଜ୍ଞାନିକଙ୍କ କହିବାନୁସାରେ ଚଷମାରେ ଚେହେରାକୁ ଚିହ୍ନିବା ପାଇଁ ସଫ୍ଟୱେର ଲଗାଯାଇଛି । ଚଷମା ସମ୍ମୁଖକୁ ଆସୁଥିବା ସବୁ ଜିନିଷ କିମ୍ବା ବ୍ୟକ୍ତି ବିଶେଷ କିଏ ଓ ପୂର୍ବରୁ ତାଙ୍କ ସହିତ କେବେ ଦେଖା ହୋଇଥିଲା ଆଦି ସୂଚନା ଦେଇଥାଏ ଏହି ଚଷମା। ଦୃଷ୍ଟିଶକ୍ତି ଦୁର୍ବଳ ଥିବା ଲୋକମାନଙ୍କ ପାଇଁ ଏହା ବରଦାନ ସଦୃଶ। ବୈଜ୍ଞାନିକମାନଙ୍କର ଅନୁମାନ ରହିଛି କି ପାଖାପାଖି ଏକ ବର୍ଷ ପରେ ଏହି ଚଷମା ବଜାରରେ ଉପଲବ୍ଧ ହେବ ।

# ଥରକେ ୧୦୦



ଚୀନ ଏବଂ ଜାପାନରେ ନିୟମିତ ରୂପେ କିଛି ନା କିଛି ଭିନ୍ନ କାରନାମା ଦେଖିବାକୁ ମିଳିଥାଏ । କିଛି ଦିନ ପୂର୍ବରୁ ଜାପାନର ଜଣେ ଯୁବତୀ ଏକ ନୂତନ କାରନାମା କରି ଚର୍ଚ୍ଚାର ପରିସରକୁ ଆସିଥିଲେ । ତାଙ୍କର ନାମ ଦିଆଯାଇଥିଲା ‘ଚିଲି କିଙ୍ଗ’। କାହିଁକି ନା ଚିଲି କିଙ୍ଗ ଜଳଖିଆରେ ଖାଇଥାନ୍ତି ଅଢ଼େଇ କିଲୋ ଲଙ୍କା । ଏବେ ଆଉ ଜଣେ ଜାପାନୀ ଝିଅ ୟୁକୋ କିନୋସିତା ଥରକେ ୧୦୦ଟି ବ୍ରେଡ୍ ଖାଇ ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ନିଜର ଏପରି ଖାଦ୍ୟକୁ ନେଇ ସେ ଏକ ଭିଡ଼ିଓ ପ୍ରସ୍ତୁତ କରିଥିଲେ ଯାହାକୁ ସେ ୟୁ ଟ୍ୟୁବ୍‌ରେ ଅପଲୋଡ୍ କରିଥିଲେ । ବ୍ରେଡ୍ ଚ୍ୟାଲେଞ୍ଜର ନାମକ ଏହି ଭିଡିଓଟି ହେଉଛି ୬ମିନିଟ୍‌ର ଯାହା ଆଜି ପର୍ଯ୍ୟନ୍ତ ୨୦୦,୦୦୦ଥର ଦେଖାସରିଲାଣି । ଏହି ଭିଡିଓରେ ବ୍ରେଡର ୧୦ପ୍ୟାକେଟ୍ ରଖାଯାଇଥିଲା । ପ୍ରତି ପ୍ୟାକେଟ୍‌ରେ ୧୦ଟି ଲେଖାଏ ସ୍ଲାଇସ୍ ରହିଥାଏ। ଯାହାକୁ ୟୁକା ଥରକେ ଖାଇଦେଇଥାନ୍ତି । ଏହା ପୂର୍ବରୁ ୟୁକା ମେକୋନଲ୍ଡ ନାମକ ଜଣେ ଚ୍ୟାଲେଞ୍ଜର ୧୦୦ଚିକେନ୍‌କୁ ସେ ଏକାସାଥିରେ ଖାଇଯାଇଥାନ୍ତି।

## ଆଜିର ଭାଗ୍ୟ

**ମେଷ** — ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** — ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** — ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।

**କର୍କଟ** — ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** — ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** — ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** — ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** — ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** — ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** — କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** — ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** — ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ ସମ୍ପାଦକୀୟ

ଭୁବନେଶ୍ୱର, ୨୦୨୪, ଫେବୃଆରୀ ୨୯

# ପଙ୍କଜ ଉଧାସ : ଜୀବନ ଜୀଇଁବାର ପ୍ରେରଣାର ମୂର୍ଚ୍ଛନା

'ଚିଠି ଆଇ ହୈ' ଓ 'ଜିଏଁ ତୋ ଜିଏଁ କୈସେ' ଭଳି ଲୋକପ୍ରିୟ ହିନ୍ଦୀ ଚଳଚ୍ଚିତ୍ର ସଂଗୀତ ଓ ଗଜଲ ପାଇଁ ଘରେ ଘରେ ବେଶ ପରିଚିତି ପାଇଥିବା ସୁନାମଧନ୍ୟ ପ୍ରଚ୍ଛଦପଟ୍ଟ ଓ ଗଜଲ ଗାୟକ ପଙ୍କଜ ଉଧାସ ଆଉ ନାହାଁନ୍ତିୟ ୭୨ ବର୍ଷ ବୟସରେ ତାଙ୍କର ପରଲୋକ ହୋଇଛିୟ ସାଜନ, ମୋହରା, ନାମ ଭଳି ଲୋକପ୍ରିୟ ହିନ୍ଦୀ ସିନେମାରେ ଗୀତ ଗାଇ ସେ ବେଶ ପ୍ରସିଦ୍ଧି ହାସଲ କରିଥିଲେୟ ତାଙ୍କ ଲୋକପ୍ରିୟ ଗଜଲ ଗୁଡ଼ିକ ହେଉଛି 'ଚାନ୍ଦିନୀ ରାତ୍ ମେଁ', 'ନାଁ କଜେରେ କି ଧାର', 'ଔର ଆହିସ୍ତା କିଜିଏ ବାତେ', 'ଏକ ତରଫ ଉସକା ଘର', 'ଥୋଡ଼ି ଥୋଡ଼ି ପିଆ କରୋ' ପ୍ରମୁଖୟ ଭାରତର ଗଜଲ ସଂଗୀତରେ ତାଙ୍କ କୃତୀତ୍ୱ ତାଙ୍କୁ ଯେଉଁପରି ପ୍ରସିଦ୍ଧି ଦେଇଥିଲା ତାହା କ୍ୱଚିତ କଳାକାରଙ୍କ ଭାଗ୍ୟରେ ଜୁଟେୟ

୧୯୫୧ ମସିହା ମେ ୧୭ରେ ଗୁଜୁରାଟର ଜେତପୁରରେ ତାଙ୍କର ଜନ୍ମୟ ପରିବାରର ତିନି ଭାଇଙ୍କ ଭିତରେ ଏହି ସାନ ଗେହ୍ଲା ଭାଇଟିକୁ ବଡ଼ ଦୁଇ ଭାଇ ହିଁ ତବଲା ଶିଖାଇବା ପାଇଁ ପ୍ରେରଣା ଦେଇଥିଲେ ଓ ବଡ଼ ଭାଇ ତାଙ୍କର ଏକ ପ୍ରକାର ତବଲା ଗୁରୁ ଥିଲେୟ ତାଙ୍କ ପରିବାର ଏକ ସଂଗୀତମୟ ପରିବାର ଥିଲାୟ ପିଲା ବୟସରୁ ତାଙ୍କୁ ଏହି ସଂଗୀତର ମାହୋଲ ହିଁ ପ୍ରେରଣା ଦେଇଥିଲାୟ ଖୁବ କମ ବର୍ଷ ବୟସରୁ ସେ ସଂଗୀତ କ୍ୟାରିୟର ଆରମ୍ଭ କରିଥିଲେୟ ତେବେ ସେ ସମୟର ବିଖ୍ୟାତ ଗୁରୁ ଗୁଲାମ କାଦିର ଖାଁ ସାରଙ୍କ ପାଖରୁ ହିନ୍ଦୁସ୍ତାନୀ ଭୋକାଲ କ୍ଲାସିକାଲ ମ୍ୟୁଜିକ ଶିକ୍ଷା ଲାଭ କରିଥିଲେୟ ପରେ କ୍ୟାରିୟର ତିଆରି କରିବା ପାଇଁ ସେ ମାୟାନଗରୀ ମୁମ୍ବାଇ ପହଞ୍ଚି ଥିଲେୟ ସେଠାରେ ନବରଙ୍ଗ ନାଗପୁରଙ୍କ ଠାରୁ ଗୌଆଲିୟର ଘରନା ଶିଖିଥିଲେୟ ଉଷାଖାନ୍ନାଙ୍କ ସଂଗୀତ ନିର୍ଦ୍ଦେଶନାରେ ହିନ୍ଦୀ ଚଳଚ୍ଚିତ୍ର 'କାମନା'ରେ ଗୀତ ଗାଇ ସେ ତାଙ୍କ ବଲିଉଡ କ୍ୟାରିୟର ଆରମ୍ଭ କରିଥିଲେୟ ତାଙ୍କୁ ରାତାରାତି ପ୍ରସିଦ୍ଧି ଆଣିଦେଇଥିଲା ୧୯୮୦ରେ ତାଙ୍କ ଗଜଲ ଆଲବମ 'ଆହଟ' ପରେ 'ତାରାନ୍ନମ', 'ମେହେଫିଲ', 'ମୁକାରାର' ପ୍ରମୁଖ ମଧ୍ୟ ଶ୍ରୋତାଙ୍କୁ ବିମୁଗ୍ଧ କରିଥିଲାୟ ୮୦ ଓ ୯୦ ଦଶକରେ ସେ କ୍ୟାରିୟରର ଢ଼େର ଉଚ୍ଚକୁ ଉଠିପାରିଥିଲେୟ ୧୯୯୦ରେ କୋକିଳ କଣ୍ଠୀ ଲତା ମଙ୍ଗେସକରଙ୍କ ସହ 'ଘାୟଲ' ସିନେମାର, 'ମାହିଆ ତେରି କସମ୍' ତାଙ୍କୁ ଜଣେ ହିଟ ସିଙ୍ଗର ଭାବେ ପ୍ରସିଦ୍ଧି ଦେଇଥିଲାୟ ସେହିପରି ୧୯୯୪ରେ ସାଧନା ସରଗମଙ୍କ ସହ ସେ ଗାୟିଥିବା ମୋହରା ଫିଲ୍ମର 'ନାଁ କଜେରି କି ଧାର' ଗୀତ ଯୁବ ବର୍ଗଙ୍କ ପାଇଁ ଛାତି ଛୁଆଁ ଓ ବେଶ ଲୋକପ୍ରିୟ ଥିଲାୟ ସେହିପରି ପ୍ରବୀଣ ଭଟ୍ଟ ନିର୍ଦ୍ଦେଶିତ 'ଏକ ହି ମକସଦ୍' ଚଳଚ୍ଚିତ୍ରର 'ଚାନ୍ଦୀ ଜୈସା ରଙ୍ଗ ହେ ତେରା, ସୋନେ ଜୈସା ବାଲ', ଫିରୋଜ ଖାନ୍‌ଙ୍କ ଦୟାବନା ଚଳଚ୍ଚିତ୍ରର 'ଆଜ୍ ଫିର ତୁମ୍ ପେ', ଆବାସ ମସ୍ତାନ ନିର୍ଦ୍ଦେଶିତ 'ବାଜିଗର' ଚଳଚ୍ଚିତ୍ରର 'ଛୁପନା ଭି ନେହି ଆତା' ଥିଲା ବେଶ ଲୋକପ୍ରିୟୟ

୧୯୮୬ରେ ତାଙ୍କୁ ରାତାରାତି ସୁପ୍ରସିଦ୍ଧି ଦେଇଥିଲା 'ନାମ' ସିନେମାୟ ମହେଶ ଭଟ୍ଟଙ୍କ ଏହି ହିଟ ସିନେମାର ସବୁଠାରୁ



ଅନୁପମା ଭୂୟାଁ

ସ୍ମରଣୀୟ ଗୀତ 'ଚିଠି ଆଇ ହୈ' ଏପରି ଲୋକପ୍ରିୟ ହୋଇଥିଲା ଯେ ଏହା ବିବିସି ରେଡ଼ିଓର ସହସ୍ରାଧିର ଶ୍ରେଷ୍ଠ ଶହେ ଗୀତ ଭିତରେ ନିଜ ସ୍ଥାନ ଅତୁଟ ରଖିଥିଲାୟ ଏହି ଗୀତଟି ଏବେ ବି ଏକ କାଳଜୟୀ ହୃଦୟସ୍ପର୍ଶୀ ଗୀତ ଭାବେ ଭାରତୀୟଙ୍କ ଛାତି ଭିତରେ ବନ୍ଧା ହୋଇରହିଛିୟ ସେ ତାଙ୍କ ସଂଗୀତ କଳାର ଯାଦୁ ପାଇଁ ଶ୍ରେଷ୍ଠ ପ୍ରଚ୍ଛଦପଟ୍ଟ ଗାୟକ, ଫିଲ୍ମଫେୟାର ପୁରସ୍କାର, ସଂଗୀତ ନାଟକ ଏକାଡ଼େମୀ ଓ ପଦ୍ମଶ୍ରୀ ଏପରି ଅନେକ ସମ୍ମାନ ପାଇଛନ୍ତିୟ କେବଳ ଭାରତରେ ନୁହେଁ, ବିଦେଶରେ ମଧ୍ୟ ଜଣେ ଲୋକପ୍ରିୟ ଗଜଲ ଗାୟକ ଭାବେ ସେ ବେଶ ପରିଚୟ ସୃଷ୍ଟି କରିଥିଲେୟ ଭାରତୀୟ ସଂଗୀତରେ ଅନେକ ଦଶନ୍ଧି ପର୍ଯ୍ୟନ୍ତ ତାଙ୍କ ଆଲବମ ଓ ସଂଗୀତ କେବଳ ଭାରତୀୟଙ୍କୁ ନୁହେଁ ବିଶ୍ୱବ୍ୟାପୀ ଶ୍ରୋତାଙ୍କୁ ମନ୍ତ୍ରମୁଗ୍ଧ କରୁଥିଲାୟ ତାଙ୍କ ଦୁଇ ବଡ଼ ଭାଇ ମନୋହର ଓ ନିର୍ମଳ ଉଧାସ ମଧ୍ୟ ଗାୟକ ଭାବେ ବେଶ ପ୍ରସିଦ୍ଧି ପାଇଛନ୍ତିୟ ତାଙ୍କର ଏକ ବିଶେଷଗୁଣ ଥିଲା ଏତେ ବଡ଼ ଜଣେ କଳାକାର ହୋଇ ମଧ୍ୟ ଏବଂ ଏତେ ସଫଳତା ପାଇବା ସତ୍ତ୍ୱେ ତାଙ୍କ ସହକର୍ମୀ ଓ ପ୍ରଶଂସକଙ୍କ ପାଖରେ ସେ ଜଣେ ବିନୟୀ, ହୃଦୟବାନ, ସରଳ, ବନ୍ଧୁବତ୍ସଳ ଓ ପରୋପକାରୀ ମଣିଷ ଥିଲେୟ ଅନେକ ହୁଏତ ଜାଣିନଥିବେ ତାଙ୍କ ସମ ସାମୟିକ ଅନେକ କଳାକାରଙ୍କୁ ସେ ଅଭାବ ଅସୁବିଧା ସମୟରେ ସହାୟତାର ହାତ ବଢ଼ାଉଥିଲେୟ ସଂଗୀତକୁ ସେ ପେଷା ଭାବୁ ନଥିଲେ ଏହା ଏକ ଆଧ୍ୟାତ୍ମିକ ଆହ୍ୱାନ ଓ ଭଗବାନଙ୍କ ପ୍ରଦତ୍ତ ଦିବ୍ୟ ଆଶୀର୍ବାଦ ଓ କୃପା ଭାବେ ବିଚାର କରୁଥିଲେୟ ତାଙ୍କ ଗୀତର ଭାବନା ଓ ଗଜଲ ସିଧାସଳଖ ଶ୍ରୋତାର ଆତ୍ମାକୁ ଛୁଇଁ ପାରୁଥିଲାୟ ଯଥାର୍ଥରେ ସେ ଥିଲେ ଭାରତୀୟ ସଂଗୀତ ଜଗତର ଏକ ଆଲୋକବର୍ତ୍ତିକାୟ ତାଙ୍କର ସଂଗୀତ ପିଢ଼ି ପରେ ପିଢ଼ି ଏପରି ହୃଦୟସ୍ପର୍ଶୀ ହୋଇପାରିଛି ଯେ ଏହା କାଳଜୟୀ କହିଲେ ଅତ୍ୟୁକ୍ତି ହେବନାହିଁୟ ତାଙ୍କ ସୁମଧୁର ସ୍ୱର ସହ ଭାବତଲ୍ଲୀନ ସଂଗୀତ ପରିବେଷଣ କୋଟି କୋଟି ଲୋକଙ୍କ ହୃଦୟକୁ ଛୁଇଁଥିଲାୟ ତାଙ୍କ ଗଜଲ ଓ ଗୀତ ସବୁ ବୟସ ଓ ସବୁ ବର୍ଗର ଲୋକଙ୍କୁ ହୃଦୟକୁ ଛୁଇଁ ପାଇବା ପରି ଥିଲାୟ ଚାରି ଦଶନ୍ଧିରୁ ଅଧିକ ସମୟ ଧରି ତାଙ୍କର ସଂଗୀତ ଭାରତର ସିନେମା ଓ ସଂଗୀତ ଶିଳ୍ପକୁ ସମୃଦ୍ଧ କରିଥିଲାୟ ଆଗାମୀ ଦିନରେ ସେ ତାଙ୍କ ଗୀତ ଓ ଗଜଲ ମାଧ୍ୟମରେ ଆମ ମାନଙ୍କ ଭିତରେ ରହିବେ ଓ ତାଙ୍କ ସଂଗୀତ ବଞ୍ଚିରହିବୟ ଏପରି କାଳଜୟୀ ସାଧକଙ୍କ ଅମ୍ଳାନ ଆତ୍ମା ପ୍ରତି ଶ୍ରଦ୍ଧାଞ୍ଜଳୀ ଅର୍ପଣ କରୁଛି ।

*'ସାଇବିଥି' ୭ଡି/୧୩୫୪, ସେକ୍ୟର-୯, ସିଡିଏ, କଟକ*

# ମର୍ଯ୍ୟାଦା ପୁରୁଷୋତ୍ତମ ପ୍ରଭୁ ଶ୍ରୀରାମଙ୍କ ଜୀବନରୁ ଶିକ୍ଷା

ବେଦ ଓ ଉପନିଷଦ କହେ ସନାତନ ହିନ୍ଦୁ ଧର୍ମ ସର୍ବପୁରାତନ ଓ ସର୍ବଶ୍ରେଷ୍ଠ ୟ ମହାନ୍ ଦାର୍ଶନିକ ତଥା ମହାପୁରୁଷ ସ୍ୱାମୀ ବିବେକାନନ୍ଦ ହିନ୍ଦୁ ସନାତନ ଧର୍ମର ମୂଳମନ୍ତ୍ର ବସୁଧୈବ କୁଟୁମ୍ବକମ୍ ବାର୍ତ୍ତାକୁ ସାରା ବିଶ୍ୱରେ ପହଞ୍ଚାଇଥିଲେ ଏବଂ ସନାତନ ଧର୍ମର ପ୍ରକୃତ ଉଦ୍ଦେଶ୍ୟ ସରଳ ନିର୍ଭୁଲ ଓ ପ୍ରାଞ୍ଜଳ ଭାବରେ ତାର ବ୍ୟାଖ୍ୟା ଆମେରିକାର ଚିକାଗୋ ସହରରେ ନିଜର ଓଜସ୍ୱିନୀ ବକ୍ତୃତା ଦ୍ୱାରା ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ ୟ ଚିକାଗୋର ଧର୍ମ ସମ୍ମିଳନୀରେ ସେ ସନାତନ ହିନ୍ଦୁଧର୍ମକୁ ସଠିକ ଭାବରେ ଉପସ୍ଥାପନ କରିଥିବାରୁ ଆମଦେଶ ଭାରତର ସଂସ୍କୃତି ଓ ପରମ୍ପରା ର ମହାନତା ର ଗାଥା ସାରା ବିଶ୍ୱ ପାଇଁ ଉଦାହରଣ ସୃଷ୍ଟି କରିଥିଲା ୟ

କ୍ଷମତା ପିପାସୁ ରାଜନେତା ସଂଖ୍ୟାଲଘୁ ସଂପ୍ରଦାୟକୁ ଖୁସି କରାଇବା ଲକ୍ଷ୍ୟରେ ଦିଆଯାଉଥିବା ହିନ୍ଦୁ ସନାତନ ଧର୍ମ ବିରୋଧରେ ମନ୍ତବ୍ୟ ଅଗଣିତ ହିନ୍ଦୁଙ୍କ ଭାବାବେଗ ଉପରେ କୁଠାରଘାତ ୟ ସଂଯମତା, ଶାଳୀନତା ଏବଂ ନୈତିକ ମୂଲ୍ୟବୋଧର ଅଭାବ ଏକବିଂଶ ଶତାବ୍ଦୀର ରାଜନେତାଙ୍କ ଠାରେ ପରିଲକ୍ଷିତ ହୁଏ । ହିନ୍ଦୁ ସନାତନ ଧର୍ମର ମୂଳମନ୍ତ୍ର ଅହିଂସା । ଏଥିରେ ହିଂସାର କୌଣସି ସ୍ଥାନ ନାହିଁ । 'ବସୁଧୈବ କୁଟମ୍ବକମ' ନୀତି ଉପରେ ହିନ୍ଦୁ ସନାତନ ଧର୍ମ ପର୍ଯ୍ୟବେଶିତ ୟ ସବୁ ଧର୍ମକୁ ସମ୍ମାନ ଏହାର ମୁଖ୍ୟ ଲକ୍ଷ୍ୟ ୟ ସନାତନ ଧର୍ମ ଯେ ସର୍ବଶ୍ରେଷ୍ଠ ଏହା ଭଗବାନଙ୍କ ମୁଖନିସୃତ ବାଣୀ ଅତିପବିତ୍ର ଗ୍ରନ୍ଥ ଭଗବତଗୀତା ରେ ଏହାର ଯଥେଷ୍ଟ ପ୍ରମାଣ ରହିଛି । ମନୁଷ୍ୟର ନୈନ୍ଦିନ ଜୀବନରେ ଘଟୁଥିବା ସମସ୍ତ ସମସ୍ୟାର ସରଳ ସମାଧାନ ଏହି ପବିତ୍ର ଧର୍ମଗ୍ରନ୍ଥ ଭଗବତଗୀତାରେ ବର୍ଣ୍ଣିତ ୟ ହିନ୍ଦୁ ସନାତନ ଧର୍ମ ଉପରେ ଏହିପରି ବାରମ୍ବାର ଆକ୍ରମଣ ଅଗଣିତ ହିନ୍ଦୁଙ୍କୁ ଏହା ଗଭୀର ମର୍ମାହତ ଓ ବ୍ୟଥିତ କରିଛି ।

ସତ୍ୟସନାତନ ହିନ୍ଦୁ ଧର୍ମ ଶାସ୍ତ୍ରରେ ଉଲ୍ଲେଖ ରହିଛି ବିଶ୍ୱର ଶକ୍ତିଶାଳୀ ରାଷ୍ଟ୍ର ଯେପରି ଆମେରିକା, ରୁଷ ,ଜାପାନ ,ଇଂଲଣ୍ଡ ମଧ୍ୟ ସନାତନ ହିନ୍ଦୁ ଧର୍ମ କୁ ଯଥେଷ୍ଟ ସମ୍ମାନ କରନ୍ତି ଏବଂ ଏହାର ଉପାଦେୟତା ଓ ମହତ୍ତ୍ୱ କୁ ବୁଝି ନିଜର ବ୍ୟସ୍ତବହୁଳ ଜୀବନକୁ ସରସ ସୁନ୍ଦର ଏବଂ ଶାନ୍ତିପୁର୍ଣ କରିବା ପାଇଁ ଯଥାସମ୍ଭବ ପ୍ରଚେଷ୍ଟା କରୁଛନ୍ତି । ସେଥିପାଇ କୁହାଯାଇଛି

' ସର୍ବ ପୁରାତନ ଧର୍ମ ସତ୍ୟରେ ସ୍ଥାପିତ,
ସନାତନ ଧର୍ମ ନାମେ ବିଶ୍ୱରେ ବିଦିତ ।
ବେଦରେ ପର୍ଯ୍ୟବେଶିତ ଏହି ଆମ ଧର୍ମ,
ସର୍ବଦା ବିକାଶଶୀଳ ବୈଜ୍ଞାନିକ ଧର୍ମ,
ପୃଥିବୀର ସୃଷ୍ଟି ବେଳୁ ରହିଛି ଏକ ଧର୍ମ ଏବଂ
ସୃଷ୍ଟି ନାଶ ଯାଏ ରହିବ ଏ ଧର୍ମ ।
ବହୁମତ ବହୁପଥ ମିଳିତ ଏଠାରେ, ସ୍ଥାପିତ
ନୁହେଁ ଏ ଧର୍ମ ବ୍ୟକ୍ତି ବିଶେଷରେ ।
ବିନାଶ କରିବା ପାଇଁ ଏ ଧର୍ମ ଅସ୍ତିତ୍ୱ, ବିଧର୍ମୀ
ଷଡ଼ଯନ୍ତ୍ର ର ରହିଛି ଦୃଷ୍ଟଯନ୍ତ, ସବୁ ଭୟ
ନପ୍ରଲୋଭନ କରି ପ୍ରତିହତ, ଆଜିବି ଏ
ଧର୍ମ ଅଛି ଦିଗନ୍ତ ବିସ୍ତୃତ ।
ସତ୍ୟ ଓ ଅହିଂସା ମୂଳତତ୍ତ୍ୱ ଏ ଧର୍ମର, ଦୟା,
କ୍ଷମା, ଦାନ, ପରୋପକାର ଚରିତ୍ର ହିନ୍ଦୁ ର
ଅହିଂସା ପରମ ଧର୍ମ ମାନିଥାଏ ହିନ୍ଦୁ ।
ଧର୍ମ, ଅହିଂସା ନୀତି ପାଳିଥାଏ ହିନ୍ଦୁ ।
ଭାଗବତ ଗୀତା ହିନ୍ଦୁ ଜୀବନ ଆଦର୍ଶ ।
ତହିଁରେ ରହିଛି ସବୁ ଜ୍ଞାନର ନିଷ୍କର୍ଷ ।
ଋକ,ସାମ, ଯଜୁ ଏବଂ ଅଥର୍ବ ଯେ ବେଦ,
କୋଟି ବ୍ରହ୍ମାଣ୍ଡର ଜ୍ଞାନ ତହିଁ ଲିପିବଦ୍ଧ ।
ଅନେକ ପରମ୍ପରା ଓ ଦର୍ଶନ ନୀତି,ନିୟମ
ଆଦର୍ଶ ର ମେଳ, ସନାତନ ଧର୍ମ ଏହାଥିବ
ଚିରକାଳ ।

ମହାଭାରତ ଯୁଦ୍ଧକ୍ଷେତ୍ରରେ ମୋହବଦ୍ଧ ଅର୍ଜୁନଙ୍କ ଉଦ୍ଦେଶ୍ୟ ରେ ସ୍ୱୟଂ ଭଗବାନ ଶ୍ରୀକୃଷ୍ଣ କହିଥିଲେ, ଯେତେବେଳେ ସଂସାରରେ ଧର୍ମର ପରାଭବ ଘଟି ଅଧର୍ମର ଉତଥାନ ହୁଏ, ମୁଁ ସେତେବେଳେ ବିଧର୍ମୀମାନଙ୍କୁ ବିନାଶକରି ଧର୍ମର ସୁରକ୍ଷା ଏବଂ ସାଧୁ ମାନଙ୍କର ପରିତ୍ରାଣ ପାଇଁ ଅବତାର ଗ୍ରହଣ କରେ । ଅତ୍ୟାଚାରୀ ଶାସକମାନେ ଆମ ସଂପ୍ରସାରଣର ହୀନ ମନବୃତ୍ତି ବଶତଃ 'ଧର୍ମ 'ଭଳି ଶବ୍ଦକୁ ରାଜନୈତିକ ସ୍ୱାର୍ଥସାଧନରେ ବ୍ୟବହାର କରୁଛନ୍ତି । ଅତ୍ୟାଚାରୀ ଓ ଅଧର୍ମୀ ଆଉରଙ୍ଗଜେବଙ୍କ ଧର୍ମଭୀର୍ଥିକ ରାଜନୀତି ତତ୍କାଳୀନ ହିନ୍ଦୁ ପ୍ରଜାମାନଙ୍କୁ ନିର୍ଯାତନା ଓ ଅତ୍ୟାଚାର ସହିବାକୁ ପଡିଥିଲା । ଏପରିକି ପରବର୍ତ୍ତୀ କାଳରେ ବ୍ରିଟିଶ ଶାସକମାନେ ମଧ୍ୟ ସ୍ୱଧର୍ମର ପ୍ରଚାର ନିମନ୍ତେ ଭାରତୀୟ ଧର୍ମ ଓ ସଂସ୍କୃତି ଉପରେ ଛୁରିକାଘାତ କରିବାକୁ ସବୁ କଳ,ବଳ, କୌଶଳ ଉପଯୋଗ କରିଥିଲେ । ସେ ହୃଦ । ବିଦାରକ ନିର୍ଯାତନାର କାହାଣୀ ଇତିହାସ ପୃଷ୍ଠାରୁ କେବେ ଲିଭିଯିବ ନାହିଁ । ଧର୍ମନିରପେକ୍ଷତା ଆଜି କେବଳ ଆଧୁନିକ ଭାରତର ଏକ ସ୍ଲୋଗାନ ନୁହେଁ, ଏହାର ଐତିହ୍ୟ ସୁପ୍ରାଚୀନ ଅଟେ । ବୁଦ୍ଧଦେବ, ଯୀଶୁ, ମହମ୍ମଦ, ଶଙ୍କରାଚାର୍ଯ୍ୟ, ବଳରାମ ଦାସ, ଶ୍ରୀ ଚୈତନ୍ୟ ଦେବ, ସନ୍ଥ ତୁଳସୀ ଦାସ, ମହାତ୍ମା କବୀର, ସ୍ୱାମୀ ବିବେକାନନ୍ଦ ପରି ମହାପୁରୁଷ ଏଠାରେ ଜନ୍ମଗ୍ରହଣ କରି ସେମାନଙ୍କ ମାନବବାଦ ବାଣୀ ଶୁଣାଇ ଯାଇଛନ୍ତି ।କେହି କୁତ୍ରାପି କୌଣସି ଧର୍ମ ପତି



ଆଶୁତୋଷ ନାୟକ

ବିଦ୍ୱେଷ ଭାବ ପୋଷଣ କରି ନାହାନ୍ତି । ସମସ୍ତେ ସେହି ଗୋଟିଏ ମହାନ ଉଦ୍ଦେଶ୍ୟ ରେ ଅଭିପ୍ରେତ ହୋଇଛନ୍ତି ଓ ସମସ୍ତେ ସେହି ଗୋଟିଏ ସାର୍ବଜନୀନ ବାଣୀ ଶୁଣାଇଛନ୍ତି । ତାହା ହେଉଛି ମାନବ ସମାଜର କଲ୍ୟାଣ ସାଧନ । ବୌଦ୍ଧଧର୍ମର ପ୍ରବକ୍ତା ମହାପୁରୁଷ ଗୌତମ ବୁଦ୍ଧ ଧର୍ମନିରପକ୍ଷତାର ପ୍ରଥମ ପ୍ରବକ୍ତା । ମୋଗଲ ସମ୍ରାଟ ଆକବର ନିଜର ଉଦାରତା ଓ ନିରକ୍ଷେପତା ବଳରେ ହିନ୍ଦୁ-ମୁସଲମାନ ଉଭୟଙ୍କର ଅତ୍ୟନ୍ତ ପ୍ରିୟଭାଜନ ହୋଇପାରିଥିଲେ । ସେ ସର୍ବଧର୍ମର ସାରମର୍ମକୁ ସଂଗ୍ରହ କରି 'ଦିନ -ଇ -ଇଲାହି' ନାମକ ଏକ ସମନ୍ୱିତ ଧର୍ମର ପ୍ରଚାର କରିଥିଲେ । ଏପରିକି ସ୍ୱୟଂ ଭଗବାନ ଶ୍ରୀକୃଷ୍ଣ ମଧ୍ୟ ଗୀତାରେ କହିଛନ୍ତି 'ସର୍ବ ଧର୍ମାନ ପରିତ୍ୟଜ୍ୟ ମାମେକଂ ଶରଣଂ ବ୍ରଜ ' ଏହାର ଅର୍ଥ ସବୁ ଧର୍ମକୁ ପରିତ୍ୟାଗ କରି ମୋର ଶରଣ ନିଅ ; ସୁତରାଂ ଧର୍ମନିରପେକ୍ଷତା ହେଉଛି ପୁଣ୍ୟଭୂମି ଭାରତର ମର୍ମବାଣୀ । ସର୍ବପୁରାତନ ସର୍ବଶ୍ରେଷ୍ଠ ସନାତନ ଧର୍ମର ଉତପତ୍ତି ସୃଷ୍ଟିର ଆରମ୍ଭରୁ ରହିଛି ଏବଂ ମାନବସଭ୍ୟତା ରହିଥିବା ଯାଏଁ ଏହାର ଅସ୍ତିତ୍ୱ ରହିଥିବ । କ୍ଷମତାପିପାସୁ ରାଜନେତା, ବିଧର୍ମୀ ବ୍ୟକ୍ତିବିଶେଷ ଅସାମାଜିକ ତତ୍ତ୍ୱଙ୍କ ଦ୍ୱାରା ସନାତନ ହିନ୍ଦୁ ଧର୍ମ ବିରୋଧରେ କରାଯାଉଥିବା ଷଡଯନ୍ତ୍ର ସେମାନଙ୍କୁ ରସାତଳଗାମୀ କରିଦେବ ଏବଂ ଭବିଷ୍ୟତ ରେ ସେମାନଙ୍କ ଅସ୍ତିତ୍ୱର ବିଲୁପ୍ତ ଘଟିବ ୟ ଏଥିରେ ସନ୍ଦେହର କୋଣସି ଅବକାଶ ନାହିଁ । ଏ ବିଶ୍ୱବ୍ରହ୍ମାଣ୍ଡରେ କୋଣସି ଶକ୍ତି ନାହିଁ ଯାହାକି ହିନ୍ଦୁ ସନାତନ ଧର୍ମର ମୂଳପାଟନ କରିଦେବ । ଏକବିଂଶ ଶତାବ୍ଦୀର ମଣିଷ ଜାତି, ଧର୍ମ ଓ ସଂପ୍ରଦାୟ ନାମରେ ହତ୍ୟା, ବ୍ୟଭିଚାର,ଧର୍ଷଣ, ଲୁଣ୍ଠନ, ଚୋରି, ଡକାୟତି କରିବାକୁ ପଛଘୁଞ୍ଚା ଦେଉନାହିଁ । ଏତାଦୃଶ କାର୍ଯ୍ୟ ଦ୍ୱାରା କୋଣସି ରାଷ୍ଟ୍ର ର ଉନ୍ନତି ଅସମ୍ଭବ । ଏ କଥା ସମସ୍ତେ ହୃଦୟଙ୍ଗମ କରିବା ଉଚିତ ଯେ ଆମ ସମସ୍ତଙ୍କର ଗୋଟିଏ ଜାତି ତାହା ହେଉଛି ମାନବ ଜାତି ଏବଂ ସମସ୍ତଙ୍କର ଗୋଟିଏ ଧର୍ମ ତାହା ହେଉଛି ମାନବ ଧର୍ମ । ପଣ୍ଡିତ ବିଷ୍ଣୁ ଶର୍ମା କହିଥିଲେ, 'ବସୁଧୈବ କୁଟୁମ୍ବକମ୍ ' ଅର୍ଥାତ ସମଗ୍ର ବସୁଧା ହେଉଛି ଗୋଟିଏ କୁଟୁମ୍ବ । ଏହି ମହାନ ବାଣୀ କୁ ଆମେ ଭାରତୀୟ ମାନେ ମନ୍ତ୍ର ଭଳି ଗ୍ରହଣ କରିନେଲେ ବହୁ ସମସ୍ୟାର ସମାଧାନ ସହଜରେ ହୋଇପାରିବ ।

ଆଉ ମାତ୍ର କିଛି ମୁହୂର୍ତ୍ତ ଅତିକ୍ରାନ୍ତ ହେବା ପରେ ପୌଷ ମାସ ଶୁକ୍ଳ ପକ୍ଷ ଦ୍ୱାଦଶୀ ୨୨- ଜାନୁଆରୀ- ୨୦୨୪ ସୋମବାରର ଅତ୍ୟନ୍ତ ଶୁଭ ଦିନରେ ୫୦୦ବର୍ଷର ସର୍ବ ପୁରାତନ ମର୍ଯ୍ୟାଦା ପୁରୁଷୋତ୍ତମ ପ୍ରଭୁ ଶ୍ରୀରାମଙ୍କ ଅଯୋଧ୍ୟାରେ ନିର୍ମିତ ହେଉଥିବା ନୂତନ ମନ୍ଦିରର ଗର୍ଭଗୃହରେ ବିରାଜିତ କରାଯାଇ ପ୍ରାଣ ପ୍ରତିଷ୍ଠା କରାଯିବ । ଏହି ଶୁଭ ଅବସରରେ ଅଯୋଧ୍ୟାରେ ଅଭୂତପୂର୍ବ ଆନନ୍ଦମୟ ଭକ୍ତିର ପରିବେଶ ସୃଷ୍ଟି ହେବ ୟ ଏହି ମନ୍ଦିର ନିର୍ମାଣ ପରମ୍ପରାଗତ ନାଗର ଶୈଳୀରେ ହୋଇଛି । ମନ୍ଦିର ତିନି ମହଲା ବିଶିଷ୍ଟ ହୋଇଛି । ପ୍ରତ୍ୟେକ ମହଲାର ଉଚ୍ଚତା ୨୦ଫୁଟ । ମନ୍ଦିରରେ ମୋଟ ୩୯୨ଟି ସ୍ତମ୍ଭ ଏବଂ ୪୪ଟି ପ୍ରବେଶ ଦ୍ୱାର ରହିଛି । ମନ୍ଦିରରେ ମୋଟ ପାଞ୍ଚଟି ମଣ୍ଡପ ରହିଛି, ଯଥା ନୃତ୍ୟ ମଣ୍ଡପ, ରଙ୍ଗ ମଣ୍ଡପ, ସଭା ମଣ୍ଡପ, ପାର୍ଥନା ମଣ୍ଡପ ଏବଂ କୀର୍ତ୍ତନ ମଣ୍ଡପ । ମନ୍ଦିରକୁ ପ୍ରବେଶ ପାଇଁ ୩୨ଟି ସିଡିର ବ୍ୟବସ୍ଥା ହୋଇଛି ସିଂହଦ୍ୱାର ଦେଇ ପହଞ୍ଚିବା ପାଇଁ । ରାମାୟଣ ପୁରାଣରେ ଆମ ଜୀବନ ସହିତ ଆଧାରିତ ବିଷୟବସ୍ତୁ ଦେଖିବାକୁ ମିଳେ । ଏକବିଂଶ ଶତାବ୍ଦୀର ମନୁଷ୍ୟ ପ୍ରଭୁ ଶ୍ରୀରାମଙ୍କର ନୀତି ଆଦର୍ଶରେ ଅନୁପ୍ରାଣୀତ ହୋଇ କାର୍ଯ୍ୟ ସମ୍ପାଦନ କରିପାରିଲେ ରାମରାଜ୍ୟର ପରିକଳ୍ପନା ବାସ୍ତବରେ ସମ୍ଭବ ହୋଇପାରିବ ୟ ପିତୃସତ୍ୟ ପାଳନ କରିବା ପାଇଁ ଯେପରି ଭଗବାନ ଶ୍ରୀରାମ ୧୪ବର୍ଷ ଧରି ବନବାସରେ ଅତିବାହିତ କରିଥିଲେ । ସେହିପରି ମନୁଷ୍ୟ ଜୀବନ ରେ ଯେତେ ବାଧାବିଘ୍ନ, ଦୁଃଖକଷ୍ଟ,ଘାତପ୍ରତିଘାତ ଆସିଲେ ମଧ୍ୟ କଦାପି ସତ୍ୟପଥରୁ ବିଚ୍ୟୁତ ହେବା କାପୁରୁଷର ଲକ୍ଷଣ । ଭଗବାନ ଶ୍ରୀରାମ ସତ୍ୟ,ଧର୍ମ, ନ୍ୟାୟ ଏବଂ ଆଦର୍ଶର ମୂର୍ତ୍ତିମନ୍ତ ପ୍ରତୀକ ଥିଲେ । ।ଏହିସବୁ ମହନୀ। ଗୁଣ ମନୁଷ୍ୟ ନିଜର ବାସ୍ତବ ଜୀବନରେ ଉପଯୋଗ କରିପାରିଲେ ସେ ନିଜକୁ ପ୍ରତିଷ୍ଠିତ କରିପାରିବ । ଭଗବାନ ଶ୍ରୀରାମ ଯେପରି ବିଶ୍ୱବ୍ରହ୍ମାଣ୍ଡର ଛୋଟ କୀଟପତଙ୍ଗ ଠାରୁ ଆରମ୍ଭ କରି ପଶୁପକ୍ଷୀ, ମନୁଷ୍ୟ ପ୍ରଯ୍ୟନ୍ତ ସମସ୍ତଙ୍କୁ ସମାନ ଦୃଷ୍ଟିରେ ଦେଖୁଥିଲେ । ତାଙ୍କ ପାଖରେ ଉଚ୍ଚନୀଚର ଭେଦଭାବ ନଥିଲା ୟ ସେହିପରି ଆମକୁ ଅହଂକାର ପରିହାର କରି ସମସ୍ତଙ୍କୁ ଆପଣାର ଭାବିବାକୁ ପଡିବ, କାହାକୁ ବି ହେୟଜ୍ଞାନ ମନେକରିବା ଉଚିତ ନୁହେଁ । ସମସ୍ତଙ୍କୁ ସମାନ ଦୃଷ୍ଟିରେ ଦେଖିବା ଆବଶ୍ୟକ ୟପ୍ରଭୁ ଶ୍ରୀରାମ ଯେପରି ନମ୍ର ଶାଳୀନତାପୂର୍ଣ୍ଣ ଆଚରଣ ପ୍ରଦର୍ଶନ କରୁଥିଲେ ତାହା ଏକବିଂଶ ଶତାବ୍ଦୀର ମନୁଷ୍ୟ ପାଇଁ ନିଶ୍ଚିତ ଭାବେ ପ୍ରେରଣାଦାୟୀ । ମନୁଷ୍ୟଙ୍କୁ ସଫଳ ହେବାକୁ ହେଲେ ବାସ୍ତବ ଜୀବନରେ ନମ୍ର, ଉଦାରବାଦୀ, ଦୟାଳୁ, କର୍ତ୍ତବ୍ୟନିଷ୍ଠ, ସତ୍ୟବାଦୀ ହେବାକୁ ପଡିବ । ଭଗବାନ ଶ୍ରୀରାମ ଆଦର୍ଶବାଦୀ, ନ୍ୟାୟବନ୍ତ, ପ୍ରଜାଅନୁରାଗୀ, ସତ୍ୟନିଷ୍ଠ ରାଜା ଥିଲେ । ଠିକ୍ ସେହିପରି ଏକବିଂଶ ଶତାବ୍ଦୀର ରାଜନେତା କ୍ଷମତା ମୋହରେ ଅନ୍ଧ ନହୋଇ ଖାଦ୍ୟ, ଶିକ୍ଷା, ସ୍ୱାସ୍ଥ୍ୟରୁ ବଞ୍ଚିତ ହେଉଥିବା ଗରିବ ଓ ଅସହାୟ ଜନତାଙ୍କ ସେବା କରିବା ଉଚିତ । ପ୍ରଭୁ ଶ୍ରୀରାମ ଯେପରି ନିଜର ନୀତି, ଆଦର୍ଶ,ନୈତିକତା ସହିତ କୌଣସି ସାଲିସ କରୁନଥିଲେ ଠିକ୍ ସେହିପରି ଯେତେ ବାଧାବିଘ୍ନ ଘାତପ୍ରତିଘାତ ଆସିଲେ ମଧ୍ୟ ଆମେ ନିଜର ନୈତିକତା, ନୀତି, ଆଦର୍ଶ ସହିତ ସାଲିସ କରିବା ଅନୁଚିତ । ଯେପରି ମର୍ଯ୍ୟାଦା ପୁରୁଷୋତ୍ତମ ଭଗବାନ ଶ୍ରୀରାମ ମୃତ୍ୟୁଶଯ୍ୟାରେ ପଡିରହିଥିବା ଅହଂକାରୀ ଦାନବ ରାବଣ ଠାରୁ ଶିକ୍ଷା ଗ୍ରହଣ କରିବା ପାଇଁ ନିଜର କନିଷ୍ଠ ଭାତ୍ରା ଲକ୍ଷ୍ମଣଙ୍କୁ ପ୍ରେରଣ କରି ନିଜର ମହାନତା, ନମ୍ରତାର ପରିଚୟ ଦେଇଛନ୍ତି ଏହା ସଦାସର୍ବଦା ମାନବଜାତି ପାଇଁ ପ୍ରେରଣାଦାୟୀ। ।ଏକବିଂଶ ଶତାବ୍ଦୀର ରାଜନେତା ନିଜର ରାଜନୈତିକ ପ୍ରତିଦ୍ୱନ୍ଦ୍ୱୀଙ୍କୁ ଶତ୍ରୁ ନଭାବି କାଦୁଅଫିଙ୍ଗା ରାଜନୀତିରୁ ନିବୃତ୍ତ ରହି ପରସ୍ପର ମିଳିତ ସହଯୋଗ ଓ ବୁଝାମଣାରେ ଆମ ରାଷ୍ଟ୍ରର ଉନ୍ନତି ପାଇଁ ସବୁ ପ୍ରକାର ଉଦ୍ୟମ କରିବା ଆବଶ୍ୟକ । ଏହିପରି ହୋଇପାରିଲେ ରାମରାଜ୍ୟର ପରିକଳ୍ପନା ବାସ୍ତବରେ ସମ୍ଭବ ହୋଇପାରିବ ଏଥିରେ ସନ୍ଦେହର କୌଣସି ଅବକାଶ ନାହିଁ।

*ଗୋପାଳପୁର,, ବାଲେଶ୍ୱର,,*
*ମୋବାଇଲ-୭୦୨୦୬୧୧୩୦୦*

# ନିର୍ବାଚନ ଋତୁରେ ଯୋଜନା ବର୍ଷା

ଶ୍ରୀବତ୍ସ ନାୟକ

ପାଖେଇ ଆସୁଛି ସାଧାରଣ ନିର୍ବାଚନ । ଆଉ ଦିନ କେଇଟା ପରେ ଘୋଷଣା ହେବ ନିର୍ବାଚନ ତାରିଖ । ଏହାକୁ ନେଇ ଚାରିଆଡ଼ ? ଚର୍ଚ୍ଚା । ଚା ଖଟିରୁ ବିଧାନସଭା,ଦିଲ୍ଲୀରୁ ପଲ୍ଲୀ,ଘରେ ବାହାରେ ସବୁଆଡେ ନିର୍ବାଚନର ହାୱା ବହିବାକୁ ଲାଗିଲାଣି । ସବୁଠି ଚର୍ଚ୍ଚା ଗୋଟିଏ କଥା କିଏ ମାରିବ ବାଜି? କାହାର ଭାରି ରହିବ ପଲା ? କିଏ ଜିଣିବେ ଭୋଟରଙ୍କ ମନ ? କିଏ ଚିତ୍ ପଟାଙ୍ଗ ମାରିବ? ରାଜନୈତିକ ମହଲରେ ଏହି ନିର୍ବାଚନ ଏକ ଋତୁରେ ପରିଣତ ହେଲାଣି । ଏହାକୁ ନେଇ ନେତାମାନେ ଯେତିକି ତତ୍ପର ନୁହନ୍ତି ତାଠାରୁ ଅଧିକ ତତ୍ପର ଆମର ଭୋଟର ମାନେ । ନେତାମାନଙ୍କ ପାଖରେ ଭୋଟରମାନେ ନିଜ ନିଜର ଦାବି ଉପସ୍ଥାପନା କରୁଛନ୍ତି । ସରକାର ଓ ନେତାମାନେ ଦେବା ପାଇଁ ଯେମିତି ତତ୍ପର ଠିକ୍ ସେମିତି ଭୋଟରମାନେ ନେବା ପାଇଁ ବ୍ୟଗ୍ର । ଭୋଟରମାନଙ୍କ ମନକୁ ଜିଣିବା ପାଇଁ ନେତାମାନେ ଓ ସରକାର ଦିନ ରାତି ଏକ କରି ଲାଗିପଡିଛନ୍ତି । ନିର୍ବାଚନ ଋତୁ ଯେତିକି ପାଖେଇ ଆସୁଛି ଠିକ୍ ସେହି ହାରରେ ଯୋଜନା ବର୍ଷିବାରେ ଲାଗିଛି। ପ୍ରତିଦିନ ସରକାର କିଛି ନା କିଛି ଯୁଗାନ୍ତକାରୀ ଘୋଷଣା କରୁଛନ୍ତି । ଆଗାମୀ ନିର୍ବାଚନ ନିମନ୍ତେ ରାଜ୍ୟସରକାର ଯେଉଁଭଳି ଯୋଜନାର ଉପହାର ବର୍ଷା କରୁଛନ୍ତି ସେଥିରେ ଭୋଟର ମାନେ ଭିଜିବାରେ ଲାଗିଛନ୍ତି । ପରିସ୍ଥିତି ଏମିତି ହୋଇଯାଇଛି ଯେ ଗୋଟିଏ ଘୋଷଣାର ଖୁସି ମନେଇବା ଆଗରୁ ଆଉ ଗୋଟିଏ ଯୋଜନାର ଘୋଷଣା । ଏହାଦ୍ୱାରା ଭୋଟରମାନେ ପୁରା ଖୁସ୍। ଟେଲିଭିଜନ, ଖବରକାଗଜ ଓ ସାମାଜିକ ଗଣମାଧ୍ୟମରୁ ମୁହଁ କାଢୁ ନାହାନ୍ତି ସେମାନେ । ଚାତକ ଭଳି ଚାହିଁ ରହିଛନ୍ତି ନିର୍ବାଚନ ଥାଳିରେ ସରକାର ପୁଣି କଣ ନୂଆ ଖାଇବା ପରଷିବେ ।ଗତ ଏକ ମାସ ଧରି ନିର୍ବାଚନକୁ ଆଖି ଆଗରେ ରଖି ଭୋଟର ମାନଙ୍କୁ ଆକୃଷ୍ଟ କରିବା ଲାଗି ଓଡ଼ିଶା ରାଜ୍ୟ ସରକାର ଘୋଷଣା କରିଛନ୍ତି ଅନେକ ଯୋଜନା । ଅର୍ଥ ଅଭାବରୁ ଅନେକ ପିଲା ଉଚ୍ଚ ଶିକ୍ଷାରୁ ବଞ୍ଚିତ ହେଉଥିବାରୁ ନୂଆ - ଓ ଛାତ୍ରବୃତ୍ତି ଯୋଜନା ମାଧ୍ୟମରେ ଓଡ଼ିଶାରେ ଉଚ୍ଚ ଶିକ୍ଷା ଅଧ୍ୟୟନ କରୁଥିବା ଛାତ୍ରଛାତ୍ରୀମାନଙ୍କୁ ଛାତ୍ରବୃତ୍ତି ଯୋଗାଇ ଦେଇଛନ୍ତି ସରକାର । ଏହି ଯୋଜନା ମାଧ୍ୟମରେ ଛାତ୍ରମାନଙ୍କୁ ୯୦୦୦ ଟଙ୍କା,ଛାତ୍ରୀମାନଙ୍କୁ ୧୦,୦୦୦ ଟଙ୍କା,ଅନୁସୂଚିତ ଜାତି ଓ ଜନଜାତି ଏବଂ ନିର୍ମାଣ ଶ୍ରମିକଙ୍କ ପୁଅ ଝିଅଙ୍କୁ ଅଧିକ ୧୦୦୦ ଟଙ୍କା ବୃତ୍ତି ପ୍ରଦାନ କରିଛନ୍ତି ସରକାର । ଏଥିରେ ଉଚ୍ଚଶିକ୍ଷା ଅଧୀନରେ ଥିବା ରାଜ୍ୟର ସମସ୍ତ ସରକାରୀ ମହାବିଦ୍ୟାଳୟ,ଅନୁଦାନ ପ୍ରାପ୍ତ ବେସରକାରୀ ମହାବିଦ୍ୟାଳୟ,ସଂସ୍କୃତ ମହାବିଦ୍ୟାଳୟ,ରାଜ୍ୟ ବିଶ୍ୱବିଦ୍ୟାଳୟ ଏବଂ ସାମ୍ସ (ଷ୍ଟୁଡେଣ୍ଟ ଏକାଡେମୀକ୍ ମ୍ୟାନେଜମେଣ୍ଟ ସିଷ୍ଟମ) ପୋର୍ଟାଲ ମାଧ୍ୟମରେ ପ୍ରବେଶ ନେଉଥିବା ବେସରକାରୀ ମହାବିଦ୍ୟାଳୟର ଛାତ୍ରଛାତ୍ରୀମାନେ ଏହି ଯୋଜନାରେ ଲାଭାନ୍ୱିତ ହେବେ । ଏହି ଛାତ୍ର ବୃତ୍ତି ଯୋଜନାରେ ଚଳିତ ଶିକ୍ଷାବର୍ଷର ଆସନ୍ତା ଫେବୃୟାରୀ ଶେଷ ଆଡ଼କୁ ନୂଆ-ଓ' ଛାତ୍ରବୃତ୍ତି ରାଶି ସିଧାସଳଖ ଭାବେ ଛାତ୍ରଛାତ୍ରୀ ମାନଙ୍କର ବ୍ୟାଙ୍କଖାତାକୁ ପଠାଯିବ । କୋ-କରିକୁଲାର୍ ଆକ୍ଟିଭିଟିରେ ଯେଉଁ ଛାତ୍ରଛାତ୍ରୀ ଅଧିକ ଭଲ ପ୍ରଦର୍ଶନ କରିବେ, ତାଙ୍କ ଛାତ୍ରବୃତ୍ତିର ରାଶି ଅଧିକ ମଧ୍ୟ ହୋଇପାରିବ । ଏଥିପାଇଁ ୩ ଶହ କୋଟି ଟଙ୍କାର କର୍ପସ ଫଣ୍ଡର ବ୍ୟବସ୍ଥା କରାଯାଇଛି । ରାଜ୍ୟ ସରକାରଙ୍କ ଏହି 'ନୂଆ-ଓ' ଛାତ୍ରବୃତ୍ତି ଯୋଗୁଁ ରାଜ୍ୟର ସା?? ୪ ଲକ୍ଷ ସ୍ନାତକ ଛାତ୍ରଛାତ୍ରୀ ଏବଂ ୩୨ ହଜାର ସ୍ନାତକୋତ୍ତର ଛାତ୍ରଛାତ୍ରୀ ଉପକୃତ ହେବେ । ଏହା ବ୍ୟତୀତ ଛାତ୍ରଛାତ୍ରୀଙ୍କୁ ସରକାରଙ୍କ ପକ୍ଷରୁ ଏକ ମ୍ୟାଜିକ କାର୍ଡ ଦେବାର ବ୍ୟବସ୍ଥା କରାଯାଇଛି । ଯଦି କୌଣସି ଛାତ୍ରଛାତ୍ରୀ ଶିକ୍ଷା ପାଇଁ କୌଣସି ସ୍ଥାନକୁ ଯାତ୍ରା କରିବେ ଏହି କାର୍ଡରେ ଛାତ୍ରଛାତ୍ରୀଙ୍କୁ ରିହାତି ସୁବିଧା ମିଳିବ। ଖାଲି ଯାତାୟାତ ପାଇଁ ନୁହେଁ ଏହି କାର୍ଡ ଦ୍ୱାରା ବିଭିନ୍ନ ୱାଇଫାଇ ପଏଣ୍ଟରେ ଇଣ୍ଟରନେଟ ସୁବିଧା ମଧ୍ୟ ପାଇପାରିବେ । ଏହି କାର୍ଡରେ ଛାତ୍ରଛାତ୍ରୀଙ୍କ ପରୀକ୍ଷା ଫଳ ଓ ଉପସ୍ଥାନର ପୁରା ତଥ୍ୟ ମଧ୍ୟ ରହିବ । ଏହି କାର୍ଡକୁ ବିଭିନ୍ନ କମ୍ପାନିକୁ ଦିଆଯିବ । ଯାହା ଫଳରେ ଛାତ୍ରଛାତ୍ରୀ କୌଣସି କମ୍ପାନୀକୁ ନିଯୁକ୍ତି ପାଇଁ ଗଲେ ସୁବିଧା ପାଇପାରିବେ । ଅଗଷ୍ଟ ମାସ ସୁଦ୍ଧା ଏହାକୁ ଯୋଗାଇଦେବାକୁ ଲକ୍ଷ୍ୟ ରଖିଛନ୍ତି ରାଜ୍ୟ ସରକାର । ଯୁବ ବର୍ଗଙ୍କ ବଳ ବଢ଼ାଇବା ଲାଗି ସରକାର ସ୍ୱୟଂ ଯୋଜନା ମାଧ୍ୟମରେ ଯୁବକ ଯୁବତୀମାନଙ୍କୁ ବିନା ସୁଧରେ ୧ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଋଣ ଦେବାର ବ୍ୟବସ୍ଥା କରିଛନ୍ତି । ଏତିକିରେ ଅଟକି ଯାଇନି ଉପହାର । ଗର୍ଭବତୀ ମହିଳାମାନଙ୍କ ପାଇଁ ମମତା ଯୋଜନାରେ ସହାୟତା ରାଶିକୁ ଦୁଇଗୁଣ କରିଛନ୍ତି । କଳାକାରଙ୍କୁ ମିଳୁଥିବା ସହାୟତା ରାଶି ୧୨୦୦ ଟଙ୍କାରୁ ବଢି ୨୦୦୦ ଟଙ୍କା ଏବଂ ୮୦ ବୟସରୁ ଊର୍ଦ୍ଧ୍ୱ କଳାକାରଙ୍କ ନିମନ୍ତେ ୨୫୦୦ ଟଙ୍କା, ବୁଣାକାର ସହାୟତା ରାଶି ୫୦୦ଟଙ୍କାରୁ ବଢି ୨୦୦୦ ଏବଂ ୮୦ ବର୍ଷରୁ ଊର୍ଦ୍ଧ୍ୱ ବୁଣାକାରଙ୍କୁ ୨୫୦୦ ଟଙ୍କା ସହାୟତା ରାଶି ଘୋଷଣା କରିଛନ୍ତି ସରକାର । ଏତଦବ୍ୟତୀତ କୃଷି ଓ କୃଷକ ସଶକ୍ତିକରଣ ବିଭାଗ ପକ୍ଷରୁ ପ୍ରଦାନ କରାଯାଉଥିବା କାଳିଆ ଛାତ୍ରବୃତ୍ତିର ପରିସୀମାକୁ ବ୍ୟାପକ କରିବା ସହ କିଭଳି ଅଧିକ ଛାତ୍ରଛାତ୍ରୀ ଉପଯୋଗୀ ହେବେ ତା ଉପରେ ଧ୍ୟାନ ଦେଇଛନ୍ତି ସରକାର । ଐତିହାସିକ "କାଳିଆ' ଯୋଜନା ପରି "ପରିବର୍ଦ୍ଧିତ କାଳିଆ ଛାତ୍ରବୃତ୍ତି''କୃଷକ ପରିବାରଙ୍କ ସଶକ୍ତିକରଣ ଦିଗରେ ଏକ ଅଭିନବ ପ୍ରୟାସ ଯାହା କାଳିଆ ଛାତ୍ରବୃତ୍ତି ହିତାଧିକାରୀ ପିଲାମାନଙ୍କ ଉତ୍ତମ ଶିକ୍ଷା ପାଇବା ସ୍ୱପ୍ନ ସାକାର କରି ଆର୍ଥିକ ଓ ସାମାଜିକ କ୍ଷେତ୍ରରେ ରୂପାନ୍ତରଣ ଆଣିବ । ଆମ ଓଡ଼ିଶା ନବୀନ ଓଡ଼ିଶା ବ୍ୟାଗ୍ ସାଙ୍ଗକୁ ରାସନ କାର୍ଡ ଧାରୀଙ୍କୁ ୧୦୦୦ ଟଙ୍କା,ନବୀନ କାର୍ଡ,୧୬ଟି ସହରରେ ୮୬ଟି ଜଳାଶ୍ରୟର ପ୍ରାକୃତିକ ଉପାୟରେ ରୂପାନ୍ତରଣ ନିମନ୍ତେ ଆମ ପୋଖରୀ ଯୋଜନା, ମିଶନ ଶକ୍ତି ମହିଳା ମାନଙ୍କୁ ୧୦ ଲକ୍ଷ୍ୟ ପର୍ଯ୍ୟନ୍ତ ବିନା ସୁଧରେ ଋଣ,୩.୬୪ କୋଟି ଲୋକଙ୍କ ଉପକୃତ ନିମନ୍ତେ ଗାଁରୁ ସହର ଯୋଡିବାପାଇଁ 'ଲକ୍ଷ୍ମୀ ବସ୍' ଯୋଜନା ମାଧ୍ୟମରେ ୧୭୪୫ ଟି ବସ୍ ଯୋଗାଇଦେଇଛନ୍ତି ରାଜ୍ୟ ସରକାର । ଭୋଟର ମାନଙ୍କ ମନ ଜିଣିବା ଲାଗି ଯୁବ,କୃଷକ,ଗରିବ,ବାର୍ଦ୍ଧକ୍ୟ ତଥା ଚାକିରିଆମାନଙ୍କ ପାଇଁ ବିଗତ ଏକ ମାସ ମଧ୍ୟରେ ପାଖାପାଖି ୧୫ଟି ନୂତନ ଯୋଜନା ପ୍ରଣୟନ କରିସାରିଲେଣି ।

ସରକାରୀ ଦଳ ହେଉ କିମ୍ବା ଯେ କୌଣସି ରାଜନୈତିକ ଦଳ ସମସ୍ତେ ଚିନ୍ତା କରନ୍ତି କିଭଳି ଆମେ ଶାସନଗାଦୀ ଆମ ହାତରେ ରଖିବୁ କିନ୍ତୁ ସେମାନଙ୍କର ମନେ ରଖିବା ଉଚିତ୍ ଯେ ଏଠି କୌଣସି ଜିନିଷ ଚିରସ୍ଥାୟୀ ନୁହେଁ । କ୍ଷମତାର ମୋହରେ ବଶବର୍ତ୍ତୀ ହୋଇ ନିର୍ବାଚନର ଖୁବ୍ ନିକଟରୁ ଅନେକ ଗୁଡ଼ିଏ ଯୋଜନା ମାନ ପ୍ରଣୟନ କରି ଶାସନଗାଦୀ କୁ ହତେଇବା ଏବଂ ପରେ ଅନୈତିକ ହେଲେ ମଧ୍ୟ ଚଳିବ କାହିଁକି ନା ଯୁଦ୍ଧ,ପ୍ରେମ ଓ ରାଜନୀତିରେ ସବୁ ସମ୍ଭବ । ଓଡ଼ିଶାରେ ଏବେ ଯୋଜନାର ସରକାର ଚାଲିଛି କହିଲେ କିଛି ଅତ୍ୟୁକ୍ତି ହେବ ନାହିଁ କାହିଁକି ନା ଏଠି ଯୋଜନା ମାଲକୁ ମାଲ କିନ୍ତୁ ବାସ୍ତବ ଚିତ୍ର ଅତି ବିକଳ। ମାଗଣା ବଣ୍ଟନ ଯୋଜନା, ଯେତେ ଖର୍ଚ୍ଚ ହେଉଛି ହେଉ,ରାଜ୍ୟ ଦେବାଳିଆ ହେଇଯାଉ, ଆମର କ'ଣ ଅଛି,ଆମ ହାତରୁ ପଡୁଛି ନାଁ ପକେଟରୁ ଯାଉଛି । ଏ ମାନସିକତା ଆମ ସବୁ ରାଜନୈତିକ ଦଳର । ଏପରି ମାନସିକତା ଯେ ପର୍ଯ୍ୟନ୍ତ ବଳବତ୍ତର ରହିଛି,ରାଜ୍ୟର ଉନ୍ନତି ହେବା ପ୍ରଶ୍ନ ନାହିଁ,ହଁ ହେବ ନିଜ ପକେଟ୍,ନିଜ ଦଳର !ଏହା ଫଳରେ କିନ୍ତୁ ଦେଶର/ସମାଜର ଯେ ଅଶେଷ କ୍ଷତି ହେଉଛି ସେକଥା ଚିନ୍ତାକରୁଛି କିଏ ? ସରକାର ରାଜ୍ୟବାସୀଙ୍କ ଉନ୍ନତି ନିମନ୍ତେ ଲୋକାଭିମୁଖୀ ଯୋଜନାମାନ ପ୍ରଣୟନ କରୁଛନ୍ତି ।ରାଜକୋଷରୁ ପ୍ରତିବର୍ଷ କୋଟି କୋଟି ଟଙ୍କା ଖର୍ଚ୍ଚ କରୁଛନ୍ତି ସତ କିନ୍ତୁ ତୃଣମୂଳ ସ୍ତରରେ ଏହାର କେତେ ସୁଫଳ ମିଳୁଛି ତାହାର ସମୀକ୍ଷା କରିବା ନିହାତି ଜରୁରୀ । ଯୋଜନା ନାମରେ ଅନେକ ଅର୍ଥ ହରିଲୁଟ ହେଉଛି । ପ୍ରକୃତ ହିତାଧିକାରୀ ଏହି ସୁବିଧା ଗୁଡ଼ିକର ଫାଇଦା ପାଉନାହାନ୍ତି । ଉତ୍କଳ ଘଣ୍ଟ ଯଦୁମଣିଙ୍କ ଭାଷାରେ 'ରାଜା ଯାହା ଦେଲେ ହରଷେ ତାହା ପାଉ ପାଉ ଗଲା ବରଷେ' । ଠିକ୍ ସେହି ପରି ଯେଉଁ କେତେଜଣ ହିତାଧିକାରୀ ଉପକୃତ ହେଉଛନ୍ତି ସେମାନେ ଉପଯୁକ୍ତ ସମୟ ସୀମା ମଧ୍ୟରେ ଯୋଜନାର ଲାଭ ଉଠାଇ ପାରୁନାହାନ୍ତି । ସମୁଦ୍ରକୁ ସଂଖେ ଭଳି ଆବଶ୍ୟକତା ଠାରୁ କମ୍ ସେମାନେ ପାଉଛନ୍ତି । ଗାଁର କୁଜିନେତା ସରକାରଙ୍କର ଚାଟୁକାର ହୋଇ ଏହି ଯୋଜନା ହାତେଇବା ପାଇଁ ପ୍ରୟାସ କରୁଛି ନତୁବା ହିତାଧିକାରୀଙ୍କ ଠାରୁ ଯୋଜନା କରେଇଦେବା ପାଇଁ କମିଶନ ଦାବି କରୁଛି । ସଦ୍ୟସଦ୍ୟ ନିର୍ବାଚନକୁ ଆଖିଆଗରେ ରଖି ପ୍ରାୟ ପ୍ରତିଦିନ ସରକାର ଘୋଷଣା କରୁଛନ୍ତି ନୂଆ ନୂଆ ସ୍କିମ୍ । ଛାତ୍ରଙ୍କଠୁ ଆରମ୍ଭ କରି ମିଶନଶକ୍ତି ମା'ଙ୍କ ଯାଏଁ, ମମତା ଯୋଜନାଠୁ ଆରମ୍ଭ କରି ନୂଆ-ଓ ଛାତ୍ର ବୃତ୍ତି ନିମନ୍ତେ ଘୋଷଣା ହେଉଛି କୋଟିକୋଟି ଟଙ୍କା । ଏହାକୁ ନେଇ ମନ ମଧ୍ୟରେ ଅନେକ ପ୍ରଶ୍ନ ଉଙ୍କିମାରେ । ଏହି ଘୋଷଣା, ଆମ ଅର୍ଥନୀତି ଉପରେ କଣ ପ୍ରଭାବ ପକାଇବ ? ଚାରି ମାସ ପାଇଁ ସରକାର ଆଣିଥିଲେ ବଜେଟ୍ । ନୂଆ ସରକାର ଆସିବା ପରେ ପୁଣି ଆସିବ ପୂର୍ଣ୍ଣାଙ୍ଗ ବଜେଟ୍। ସରକାରଙ୍କ ଏ ଘୋଷଣା ଆମ ବଜେଟ୍ ?କୁ ବିଗାଡି ଦେବନି ତ ?

ସେ ଯାହା ବି ହେଉ ନା କାହିଁକି ଯେଉଁଥିରେ ସାଧାରଣ ଜନତା ଖୁସି ସେଥିରେ ଯାଏ କେତେ ନା ଆସେ କେତେ । ଆଶା କରାଯାଉଛି ଯେ ନିର୍ବାଚନ ଆଚରଣ ବିଧି ଲାଗୁ ନହେବା ପର୍ଯ୍ୟନ୍ତ ଏହି ଭଳି ଯୋଜନାର ବର୍ଷା ଜାରିରହିବ । ଆଗକୁ ମିଶନ ଶକ୍ତି,ଅଙ୍ଗନୱାଡ଼ି, ଠିକା କର୍ମଚାରୀ,ଉଠା ଦୋକାନୀ,ସରକାରୀ କର୍ମଚାରୀ,ଆଶା କର୍ମୀ ତଥା ବିଭିନ୍ନ ସଙ୍ଗଠନ ଉପରେ ମଧ୍ୟ ଏହି ଯୋଜନା ବର୍ଷା ହେବାର ଆଶା କରାଯାଉଛି । ନିର୍ବାଚନ ଋତୁ ଆସୁଥାଉ ଯୋଜନାର ବର୍ଷା ହେଉଥାଉ କିନ୍ତୁ ମନେ ରଖିବା ଉଚିତ ଯେ ଜଳ ବହୁଳେ ସୃଷ୍ଟି ନାଶ । ନିର୍ବାଚନ ଋତୁରେ ଯୋଜନାର ଅତ୍ୟଧିକ ବୃଷ୍ଟିପାତ ବିନାଶର କାରଣ ନହେଉ ।

ଅଧ୍ୟାପକ,ବାଣିଜ୍ୟ ବିଭାଗ,କଟକ
ମୋ: ୯୪୩୮୦୭୦୮୪୯




# ଚାଷ ଓ ଚାଷୀ ସମସ୍ୟା ନେଇ କିଷାନ କଂଗ୍ରେସର ଆନ୍ଦୋଳନ ଡାକରା

ଭୁବନେଶ୍ୱର (ପିଏନ୍)- ଗଞ୍ଜାମ ଜିଲ୍ଲା ସମ୍ପୂର୍ଣ୍ଣ କୃଷି ଉପରେ ନିର୍ଭରଶୀଳ। କୃଷି କ୍ଷେତ୍ରରେ ବିକାଶ ହେଲେ ଜିଲ୍ଲାର କୃଷକଙ୍କ ଅର୍ଥନୈତିକ ବିକାଶ ହେବ। ଖୋଦ୍ ମୁଖ୍ୟମନ୍ତ୍ରୀ ଏହି ଜିଲ୍ଲାରୁ ପ୍ରତିନିଧିତ୍ୱ କରିଛନ୍ତି। କିନ୍ତୁ ଦୁର୍ଭାଗ୍ୟର ବିଷୟ ଏହି ୨୦ ଲକ୍ଷରୁ ଉର୍ଦ୍ଧ୍ୱ ଲୋକ ନିଜ ଭିଟାମାଟି ଛାଡ଼ି ବାହାର ରାଜ୍ୟରେ ଦାଦନ ଖଟୁଛନ୍ତି। ଫସଲ ହାନୀ ଓ ଋଣବୋଝରେ ଚାଷୀ ଆତ୍ମହତ୍ୟା କରୁଛି। ଜଳସେଚନ ବ୍ୟବସ୍ଥା ସମ୍ପୂର୍ଣ୍ଣ ଠପ୍। ପନିପରିବା ସଂରକ୍ଷଣ ପାଇଁ ଶୀତଳଭଣ୍ଡାରଟିଏ ନାହିଁ। ଚାଷୀ ତା'ର ଉତ୍ପାଦିତ ଫସଲର ଉପଯୁକ୍ତ ମୂଲ୍ୟ ପାଉନାହିଁ। ଫଳରେ ଏମ.ଏସ.ପି.ଠାରୁ କମ୍ ଦାମରେ ଧାନ ବିକ୍ରିକରି ବାରମ୍ବାର ଅଭାବୀ ବିକ୍ରିର ଶିକାର ହେଉଛି। ପୂରାତନ ଆସ୍କା ଚିନିକଳର ଦୁରାବସ୍ଥା କହିଲେ ନ ସରେ। କାଳିଆ ଓ ପି.ଏମ୍. କିଷାନ ଯୋଜନାରେ ଜିଲ୍ଲାର ୪୦ ପ୍ରତିଶତ ଚାଷୀଙ୍କୁ ଅନ୍ତର୍ଭୁକ୍ତ କରାଯାଇନାହିଁ। ସାରର ଅହେତୁକ ଅଭାବ ଓ ମୂଲ୍ୟବୃଦ୍ଧି, ଫସଲ ବୀମା କ୍ଷତିପୂରଣ ପାଇବାରେ ବହୁ ଚାଷୀ ବଞ୍ଚିତ ହେଉଛନ୍ତି। ଏହିସବୁ ସମସ୍ୟାଗୁଡ଼ିକର ଆଶୁ ସମାଧାନ ପାଇଁ ଜିଲ୍ଲାର କୁକୁଡ଼ାଖଣ୍ଡି ବ୍ଲକ ବଉଳଝୋଳିଠାରେ ୫୦୦ରୁ ଉର୍ଦ୍ଧ୍ୱ ଚାଷୀଙ୍କୁ ନେଇ ଗତ ୨୫ ତାରିଖ ଦିନ ଜିଲ୍ଲାସ୍ତରୀୟ କିଷାନ ଚିନ୍ତନ ଶିବିର ଜିଲ୍ଲା କିଷାନ କଂଗ୍ରେସ ଅଧ୍ୟକ୍ଷ ବୃନ୍ଦାବନ ଖଟେଇଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରରେ ଓଡ଼ିଶା ପ୍ରଦେଶ କିଷାନ କଂଗ୍ରେସ ଅଧ୍ୟକ୍ଷ ଅମିୟ କୁମାର ପଟ୍ଟନାୟକ, ଜିଲ୍ଲା କଂଗ୍ରେସ କମିଟି ସଭାପତି ତଥା ସାନଖେମୁଣ୍ଡିର ବିଧାୟକ ରମେଶ ଜେନା ସମ୍ମାନୀତ ଅତିଥି ଭାବରେ ଯୋଗଦେଇ ଉପସ୍ଥିତ ଥିବା ଚାଷୀମାନଙ୍କ ସହିତ ବିସ୍ତୃତ ଆଲୋଚନା କରିବା ପରେ କୃଷି ଓ କୃଷକଙ୍କ ବିକାଶ ପାଇଁ ସରକାରଙ୍କ ଯୋଜନା କେବଳ ପ୍ରଚାର ଓ ପ୍ରସାରସର୍ବସ୍ୱ ହୋଇଛି। ଉଭୟ ସରକାର ଚଳିତ ୨୦୨୨ ସୁଦ୍ଧା ଚାଷୀର ଆୟ ଦୁଇଗୁଣା ବୃଦ୍ଧି କରିବା ପାଇଁ ଦେଇଥିବା ପ୍ରତିଶ୍ରୁତି ବାସ୍ତବତାଠାରୁ ସମ୍ପୂର୍ଣ୍ଣ ଭିନ୍ନ। ଚାଷୀ ସଂଗଠିତ ହୋଇ ଆନ୍ଦୋଳନ କରିଥିବାରୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ତିନୋଟି କଳା କୃଷି ଆଇନ ପ୍ରତ୍ୟାହାର କଲେ। ଆଜି ସେହିଭଳି ଗଞ୍ଜାମ ଜିଲ୍ଲାର ୨୨ଟି ବ୍ଲକର ଚାଷୀମାନେ ଏକତ୍ରିତ ହୋଇ ଆନ୍ଦୋଳନକୁ ଓହ୍ଲାଇଲେ ଚାଷୀ ତାର ହକ୍ ନିଶ୍ଚୟ ପାଇପାରିବ ବୋଲି ସେମାନେ କହିଥିଲେ। ଆସନ୍ତା ନଭେମ୍ବର ୧୫ ତାରିଖ ସୁଦ୍ଧା ଜିଲ୍ଲାର ପ୍ରତି ବୁଥ୍, ପଞ୍ଚାୟତ, ବ୍ଲକ ଓ ଜିଲ୍ଲାସ୍ତର ପର୍ଯ୍ୟନ୍ତ କିଷାନ କଂଗ୍ରେସ ସଂଗଠନକୁ ସକ୍ରିୟ କରାଯିବା ସହିତ ପ୍ରତି ବ୍ଲକସ୍ତରରେ କିଷାନ ଚିନ୍ତନ ଶିବିର ଆୟୋଜନ ଓ ଆସନ୍ତା ଡିସେମ୍ବର ମାସରେ ଉଭୟ ବିଜେପି ବିଜେଡ଼ି ସରକାରଙ୍କ ଚାଷୀମାରଣ ନୀତି ବିରୁଦ୍ଧରେ ବିଶାଳ ଚାଷୀ ସମାବେଶ ଆୟୋଜନ କରିବାକୁ ନିଷ୍ପତ୍ତି ନିଆଯାଇଛି। ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ୨୯୩୦ ଟଙ୍କାକୁ ବୃଦ୍ଧି ଓ ଏମ.ଏସ.ପି.ର ଆଇନଗତ ବ୍ୟବସ୍ଥା, କୃଷି ଇନପୁଟ୍ ସବସିଡ଼ିର ୨ଗୁଣା ବୃଦ୍ଧି, ପ୍ରତି ବ୍ଲକସ୍ତରରେ ଶୀତଳ ଭଣ୍ଡାର ନିର୍ମାଣ, ମହାନଗର ନିଗମ ଅଞ୍ଚଳରେ ଓମଫେଡ଼ ଭଳି ଭେଜଫେଡ ପ୍ରତିଷ୍ଠା, ଚାଷକାର୍ଯ୍ୟ ପାଇଁ ପ୍ରତି ବ୍ଲକରେ ୫୦ ପ୍ରତିଶତ ଜଳସେଚନ ବ୍ୟବସ୍ଥା, ପଞ୍ଚାୟତ ପରିବର୍ତ୍ତେ ପ୍ରତି ରାଜସ୍ୱ ଗ୍ରାମକୁ ଏକକ ୟୁନିଟ୍ ଭାବେ ଗ୍ରହଣ, ସମସ୍ତ ଚାଷୀଙ୍କୁ କାଳିଆ ଓ ପି.ଏମ୍. କିଷାନ ଯୋଜନାରେ ଅନ୍ତର୍ଭୁକ୍ତ ଓ ବାର୍ଷିକ ୨୪ ହଜାର ଟଙ୍କା ସହାୟତା ରାଶି ପ୍ରଦାନ, ଆସ୍କା ଚିନିକାରଖାନାର ନୂତନ ରୂପାନ୍ତରିତ, ଜିଲ୍ଲାରେ ସୂତାକଳ ପ୍ରତିଷ୍ଠା, ଦାଦନ ଶ୍ରମିକ ରୋକିବା ପାଇଁ କୃଷି କ୍ଷେତ୍ରରେ ମନରେଗା କାର୍ଯ୍ୟକ୍ରମର ସଂପ୍ରସାରଣ ଓ କୃଷିଭିତ୍ତିକ ଶିଳ୍ପ ଓ ଖାଦ୍ୟ ପ୍ରକ୍ରିୟା ଓ ପ୍ରସ୍ତୁତିକରଣ ୟୁନିଟ୍ ସ୍ଥାପନ ଏବଂ ଗୋପାଳପୁରଠାରେ କିଆଫୁଲରୁ ଅତର ପ୍ରକ୍ରିୟାକରଣ ୟୁନିଟ୍ ସ୍ଥାପନ ପାଇଁ କିଷାନ କଂଗ୍ରେସ ପକ୍ଷରୁ ଦୃଢ଼ ଦାବୀ କରାଯାଇଛି।

ସାରା ଭାରତବର୍ଷରେ ଚାଷୀ ଆଜି ଅସୁରକ୍ଷିତ। ବେକାରୀ ସମସ୍ୟା ବଢ଼ିଚାଲିଛି। ଆକାଶଛୁଆଁ ଦରଦାମ୍ ବୃଦ୍ଧି ସାଧାରଣ ଜନଜୀବନକୁ ବିପନ୍ନ କରିଛି। ସମ୍ବିଧାନ ଅସୁରକ୍ଷିତ। ଧର୍ମ ନାମରେ ଜାତିଆଣ ଭାବ ସୃଷ୍ଟି କରାଯାଉଛି। ସର୍ବବୃହତ୍ ଗଣତନ୍ତ୍ର ରାଷ୍ଟ୍ର ଭାରତବର୍ଷର ସାମଗ୍ରୀକ ବିକାଶ ପାଇଁ ଏବଂ ମୋଦି ସରକାରକୁ ଚେକ୍ ଦେବାପାଇଁ ଏ.ଆଇ.ସି.ସି.ର ପୂର୍ବତନ ଅଧ୍ୟକ୍ଷ ଶ୍ରୀ ରାହୁଲ ଗାନ୍ଧୀ ଗତ ୭ ତାରିଖଠାରୁ ଯେଉଁ 'ଭାରତ ଯୋଡ଼' ଯାତ୍ରା ଜାରି ରଖିଛନ୍ତି, ଏଥିରେ ଦେଶର ସବୁ ବର୍ଗର ଲକ୍ଷ ଲକ୍ଷ ଲୋକ ସ୍ୱତଃପ୍ରବୃତ୍ତ ସମର୍ଥନ ଜଣାଉଛନ୍ତି। ଭାରତ ଯୋଡ଼ ଯାତ୍ରାର ସଫଳତା ପାଇଁ ଆସନ୍ତା ଅକ୍ଟୋବର ୩୧ ତାରିଖ ଦିନଠାରୁ ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ସଭାପତି ଶ୍ରୀ ଶରତ ପଟ୍ଟନାୟକ ଦୀର୍ଘ ୨୨ଶହ କିଲୋମିଟର ବ୍ୟାପୀ ଓଡ଼ିଶା ପରିକ୍ରମା କରିବା ବେଳେ ଗଞ୍ଜାମ ଜିଲ୍ଲାରୁ ହଜାର ହଜାର ଚାଷୀ ଶ୍ରୀ ପଟ୍ଟନାୟକଙ୍କ ନେତୃତ୍ୱର ପରିକ୍ରମା ଯାତ୍ରାରେ ସାମିଲ ହେବା ପାଇଁ ନିଷ୍ପତ୍ତି ହୋଇଛି। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା କିଷାନ କଂଗ୍ରେସ ସଂଯୋଜକ କେ. ଶ୍ୟାମସୁନ୍ଦର ଦୋରା, ରାଜ୍ୟ କିଷାନ କଂଗ୍ରେସର ରାଜ୍ୟ ଉପାଧ୍ୟକ୍ଷ ସୁବାଷ ରାଉତ, ସମ୍ପାଦକ ସାଇ ପ୍ରସାଦ ପାତ୍ର, ପଦ୍ମଚରଣ ସାହୁ, ଦିଗପହଣ୍ଡି ନଗରପାଳ ପ୍ରଫୁଲ୍ଲ ଚନ୍ଦ୍ର ପଣ୍ଡା, ଜିଲ୍ଲା ଯୁବ କଂଗ୍ରେସ ସଭାପତି ସନାତନ ସାହୁ ପ୍ରମୁଖ ବକ୍ତବ୍ୟ ରଖିଥିଲେ।

## ଧର୍ମଶାଳା ମୋ କଲେଜ ଅଭିଯାନ ବୈଠକ



ଧର୍ମଶାଳା (ପିଏନ୍): ଜାରକାସ୍ଥିତ ଧର୍ମଶାଳା ମହାବିଦ୍ୟାଳୟ ପରିସରରେ ମୋ କଲେଜ ଅଭିଯାନ ବୈଠକ ଅନୁଷ୍ଠିତ ହୋଇଯାଇଛି। କଲେଜର ଅଧ୍ୟକ୍ଷ ତପନ କୁମାର ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ବିଧାୟକ ପ୍ରଣବ କୁମାର ବଳବନ୍ତରାୟ, କଲେଜ ପରିଚାଳନା କମିଟି ସଭାପତି ଡ. ପ୍ରିୟନାଥ ମହାପାତ୍ର ଯୋଗଦେଇଥିଲେ। ଧର୍ମଶାଳା ମହାବିଦ୍ୟାଳୟ ଧର୍ମଶାଳା ବ୍ଲକର ସର୍ବପୁରାତନ ମହାବିଦ୍ୟାଳୟ, ଏହି ମହାବିଦ୍ୟାଳୟର ଅନେକ ଉନ୍ନତି ମୁଳକ କାର୍ଯ୍ୟ ହୋଇଥିଲେ ହେଁ ଆଉ ଅନେକ କାର୍ଯ୍ୟ ହେବାର ଅବଶ୍ୟକତା ରହିଛି। କଲେଜଗୁଡିକର ଉନ୍ନତି ପାଇଁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ମୋ କଲେଜ ଅଭିଯାନର ଶୁଭାରମ୍ଭ କରିଛନ୍ତି। ଏହି କଲେଜର ବହୁ ଛାତ୍ରଛାତ୍ରୀମାନେ ଉଚ୍ଚ ପଦପଦବୀରେ ଅଧିଷ୍ଠିତ ହୋଇଛନ୍ତି। ସେମାନଙ୍କୁ ମୋ କଲେଜ ଅଭିଯାନରେ ସାମିଲ କରିବାକୁ ପ୍ରସ୍ତାବ ଦେଇଥିଲେ। ଏଥିସହିତ ପୁରାତନ ଛାତ୍ର ସଂସଦର ସଭାପତିମାନଙ୍କୁ ଯୋଗାଯୋଗ କରି ଏହି ଅଭିଯାନରେ ସମସ୍ତଙ୍କୁ ସାମିଲ କରିବାକୁ ମତବ୍ୟକ୍ତ କରିଥିଲେ। ଏହି ଅବସରରେ ପ୍ରଥମ ବ୍ୟାଚର ଛାତ୍ର ବଟକୃଷ୍ଣ ପରିଡା, ପୁରାତନ ଛାତ୍ର ସଂସଦ ସଭାପତି କ୍ଷିତିଶ ନାୟକ, ଜିଲ୍ଲା ପରିଷଦ ସଭ୍ୟା ସ୍ମୃତିରେଖା ବେହେରା, ଛାତ୍ର ବିଜେଡି ଜିଲ୍ଲା ସଭାପତି ସୌମ୍ୟପ୍ରକାଶ ବିଶ୍ୱାଳ, ସମିତି ସଭ୍ୟା କ୍ଷୀରାବ୍ଧି ତନୟା ମଲିକ ପ୍ରମୁଖ ମୋ କଲେଜ ଅଭିଯାନର ସଫଳତା ପାଇଁ ଆଶାବ୍ୟକ୍ତ କରିଥିଲେ। ଆସନ୍ତା ଅକ୍ଟୋବର ମାସ ୨୩ ତାରିଖରେ ପରବର୍ତୀ ବୈଠକ ଅନୁଷ୍ଠିତ ହେବ ବୋଲି ସ୍ଥିର କରାଯାଇଥିଲା। ପ୍ରାରମ୍ଭରେ ମୋ କଲେଜ ଅଭିଯାନର ସଂଯୋଜକ ନିଗମାନନ୍ଦ ବିଶ୍ୱାଳ ସୂଚନା ପ୍ରଦାନ କରିଥିଲେ। ଅଧ୍ୟାପକ ବିଶ୍ୱଜିତ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

## ବାଲେଶ୍ୱରରେ ଶିଶୁ ପାଇଁ ଦିନଟିଏ କାର୍ଯ୍ୟକ୍ରମ



ବାଲେଶ୍ୱର (ପିଏନ୍)-ଶିଶୁ ସୁରକ୍ଷା ୟୁନିଟ ପକ୍ଷରୁ ଜିଲ୍ଲାସ୍ତରୀୟ "ଶିଶୁ ପାଇଁ ଦିନଟିଏ" କାର୍ଯ୍ୟକ୍ରମ ଏନ୍ ଆଇ ସି ପରିସରରେ ଥିବା ମହାତ୍ମା ଗାନ୍ଧୀ ସଭାଗୃହରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ଜିଲ୍ଲା ପରିଷଦ ସଭାପତି ନାରାୟଣ ପ୍ରଧାନ ଯୋଗଦେଇଥିଲେ। ସମ୍ମାନିତ ଅତିଥିଭାବେ ଜିଲ୍ଲାପାଳ ଦତ୍ତାତ୍ରୟ ଭାଓ ସାହେବ ଶିନ୍ଦେ ଓ ଅତିରିକ୍ତ ଜିଲ୍ଲାପାଳ ଭାବେଶ ନାୟକ ପ୍ରମୁଖ ଯୋଗଦେଇଥିଲେ। ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀଯୁକ୍ତ ମାଝୀ ସଭାପତିତ୍ୱ କରିଥିବା ବେଳେ ଜିଲ୍ଲାସୁରକ୍ଷା ୟୁନିଟ ଏବଂ ଜିଲ୍ଲା ସୁରକ୍ଷା ମଙ୍ଗଳ କମିଟି ସଦସ୍ୟ, ସଦସ୍ୟାମାନେ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ। ଚଳିତ ବର୍ଷ ମ୍ୟାଟ୍ରିକ ପରୀକ୍ଷାରେ ୮୦ ପ୍ରତିଶତରୁ ଉର୍ଦ୍ଧ୍ୱ ନମ୍ବର ରଖିଥିବା ୯ ଜଣ କୃତି ଛାତ୍ରଛାତୀଙ୍କୁ ୫ ହଜାର ଟଙ୍କା ଲେଖାଏଁ ବୃ ି ପ୍ରଦାନ କରାଯାଇଥିଲା। ସେହିପରି "ସୁକନ୍ୟା ସମୃଦ୍ଧି" ଯୋଜନାରେ ୧୪ ଜଣ ଛାତ୍ରୀଙ୍କ ଆକାଉଣ୍ଟ ଖୋଲାଯାଇ ପାଶ ବୁକ୍ ପ୍ରଦାନ କରାଯାଇଥିଲା। ୧୮ ବର୍ଷ ପର୍ଯ୍ୟନ୍ତ ସେମାନଙ୍କ ଆକାଉଣ୍ଟକୁ ୨ ହଜାର ଟଙ୍କା ଜମା କରାଯିବ ବୋଲି ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀ ମାଝୀ ବକ୍ତବ୍ୟରେ କହିଥିଲେ।

## ଅବକାରୀ ବିଭାଗ ପକ୍ଷରୁ ଚଢାଉ, ଦେଶୀ ମଦ ଜବତ

ଖୋର୍ଦ୍ଧା (ପିଏନ୍)-ଖୋର୍ଦ୍ଧା ଜିଲ୍ଲା ଅବକାରୀ ବିଭାଗ ପକ୍ଷରୁ ବେଗୁନିଆ ଥାନା ଅନ୍ତର୍ଗତ ରାସୋଳ ଗ୍ରାମରେ ଦେଶୀ ରନ୍ଧା ମଦ ଭାଟି ଉପରେ ଚଢାଉ କରାଯାଇଥିଲା। ଏହି ଚଢାଉ ବେଳେ ୧ହଜାର ୨୦ ଲିଟର ଦେଶୀ ମଦ ଜବତ କରାଯିବା ସହ ଆବଶ୍ୟକୀୟ ସରଂଜାମ ସହ ଗୋଟିଏ ମାରୁତି କାର ଜବତ କରାଯାଇଥିଲା। ଏଥିରେ ମଦ ପ୍ରସ୍ତୁତ କରୁଥିବା ରାସୋଳ ଗ୍ରାମର ରଜନୀକାନ୍ତ ପାଇକରାୟ କୌଣସି ସୂତ୍ରରୁ ଖବର ପାଇ ଘଟଣାସ୍ଥଳରୁ ଫେରାର ହୋଇ ଯାଇଥିଲେ ବୋଲି ଜିଲ୍ଲା ଅବକାରୀ ବିଭାଗର ନିରୀକ୍ଷକ ଭୈରବ ସାହୁଙ୍କ ଠାରୁ ପ୍ରକାଶ। ଏ ନେଇ ଜିଲ୍ଲା ଭ୍ରାମ୍ୟମାଣ ଅବକାରୀ ନିରୀକ୍ଷକ ରାଜଶେଖର ସ୍ୱାଇଁ, ଭ୍ରାମ୍ୟମାଣ ଉପ-ନିରୀକ୍ଷକ ବି ମନୋଜ କୁମାର, ବେଗୁନିଆ ଓଆଇସି ରାଜେନ୍ଦ୍ର ଜେସ ଓ ଖୋର୍ଦ୍ଧା, ବେଗୁନିଆର ଭ୍ରାମ୍ୟମାଣ କର୍ମଚାରୀମାନେ ଅଂଶଗ୍ରହଣ କରିଥିଲେ।

# ଭ୍ରାନ୍ତିହୀନ କ୍ରାନ୍ତିକାରୀ ପ୍ରାଣନାଥ



ମାନବ ସମାଜର ଅଗ୍ରଗତି ପଥରେ ଯେଉଁସବୁ ପ୍ରତିବନ୍ଧକ ରହିଛି ତାକୁ ହଟାଇ ସ୍ଥିତାବସ୍ଥା ବଦଳରେ ନୂତନ ପ୍ରଗତିଶୀଳ ବ୍ୟବସ୍ଥାକୁ ଯିବାର ନାମ କ୍ରାନ୍ତି। ସ୍ୱର୍ଗୀୟ ପ୍ରାଣନାଥ ପଟ୍ଟନାୟକ ଥିଲେ ଏହି କ୍ରାନ୍ତି ପଥର ଯାତ୍ରୀ। ତେଣୁ ସେ ଥିଲେ କ୍ରାନ୍ତିକାରୀ। ଅତି ସରଳ ଭାବରେ ବୁଝିବାକୁ ଗଲେ ସେ ଥିଲେ ଜଣେ ଉତ୍ସର୍ଗୀକୃତ ସଂଗ୍ରାମୀ, ସମାଜ ସଂସ୍କାରକ, ବାମପନ୍ଥୀ ଚିନ୍ତାଧାରାର ପ୍ରବକ୍ତା, ପ୍ରଗତିବାଦର ଜନନେତା, ଶିକ୍ଷାର ପ୍ରସାରରେ ଅଗ୍ରଣୀ, ଆସନ୍ତାକାଲିର ସାହିତ୍ୟ ଲେଖକ।

ଗୋଟିଏ ସମ୍ଭ୍ରାନ୍ତ ବଂଶରେ ଜନ୍ମଲାଭ କରି ଉଚ୍ଚଶିକ୍ଷା ଲାଭ କରିଥିବା ଯୁବକ ପ୍ରାଣନାଥ ପଟ୍ଟନାୟକ ଉଚ୍ଚ ଚାକିରିର ମୋହ ତ୍ୟାଗ କରି ଐତିହାସିକ ଆବଶ୍ୟକତାର ଆହ୍ୱାନକୁ ସ୍ୱାଗତ ଜଣାଇ ଏବଂ ଗାନ୍ଧି, ଗୋପବନ୍ଧୁଙ୍କୁ ନିଜ ଜୀବନର ଆଦର୍ଶ ରୂପେ ଗ୍ରହଣ କରିନେଇ ଜାତୀୟ ମୁକ୍ତି ଆନ୍ଦୋଳନକୁ ଲମ୍ଫ ଦେଇଥିଲେ। ଜୀବନର ଶେଷ ସମୟ ପର୍ଯ୍ୟନ୍ତ ସେ ଥିଲେ କ୍ରାନ୍ତିକାରୀ ଓ କ୍ରାନ୍ତିପଥର ପଥିକ। ୧୯୩୬ରେ ଓଡ଼ିଶାରେ କୃଷକ ସଙ୍ଗଠନ ଗଠିତ ହେଲା। ପ୍ରାଣନାଥ ପଟ୍ଟନାୟକ ସେହି ସଙ୍ଗଠନର ମୁଖ୍ୟ କର୍ତ୍ତା ଭାବେ ରହିଥିଲେ। ଦୀର୍ଘବର୍ଷ ଧରି ରାଜ୍ୟ କୃଷକ ସଭାର ସେ ସଭାପତି ରହି କୃଷକ ଆନ୍ଦୋଳନକୁ ନେତୃତ୍ୱ ଦେଉଥିଲେ। ମାର୍କ୍ସବାଦର ବୈଜ୍ଞାନିକ ସାମ୍ୟବାଦ ତତ୍ତ୍ୱରେ ଉଦ୍‌ବୁଦ୍ଧ ହୋଇ କଲିକତାରେ କମ୍ୟୁନିଷ୍ଟ ପାର୍ଟି ଗଠିତ ହେଲା। ଭଗବତୀ ଚରଣ ପାଣିଗ୍ରାହୀ ଏହାର ସମ୍ପାଦକ ରହିଥିଲେ। ତେଣୁ ଓଡ଼ିଶାରେ କମ୍ୟୁନିଷ୍ଟ ପାର୍ଟିର ସେ ଥିଲେ ଅନ୍ୟତମ ସ୍ରଷ୍ଟା।

ସ୍ୱାଧୀନତା ପରେ ମଧ୍ୟ ସେ ଦୀର୍ଘଦିନ ଆତ୍ମଗୋପନ କରି ଶେଷରେ ୧୯୪୮ରୁ ୫୨ ପର୍ଯ୍ୟନ୍ତ ଅଟକବନ୍ଦୀ ହୋଇ ରହିବା ସହିତ ୧୯୬୪ରେ ଦରଦାମ ବୃଦ୍ଧି, ବ୍ୟାଙ୍କ ଜାତୀୟକରଣ, ରଜାଙ୍କ ଭତ୍ତା କାଟ ଦାବି ନେଇ ଆନ୍ଦୋଳନ କରି ଦୀର୍ଘ ଛଅ ମାସରୁ ଉର୍ଦ୍ଧ୍ୱକାଳ ବନ୍ଦୀ ଜୀବନ କଟାଇଥିଲେ। ସେ ଜଣେ ନିର୍ଭୀକ ସଂଗ୍ରାମୀ ଭାବେ ଏସବୁ ଦଣ୍ଡକୁ ସହ୍ୟକରି ନେଉଥିଲେ। ଖୋର୍ଦ୍ଧାବାସୀଙ୍କ ଶ୍ରଦ୍ଧା ପାଇ ସେ ଓଡ଼ିଶା ବିଧାନସଭାକୁ ୧୯୩୬/୩୭ରେ ଓ ସ୍ୱାଧୀନତା ପରେ ୧୯୫୭ରେ ବିଧାୟକ ଭାବେ ନିର୍ବାଚିତ ହୋଇ ଆସିଥିଲେ। ଜଣେ ବିଧାୟକ ଭାବେ ତାଙ୍କର ଯଥେଷ୍ଟ ସମ୍ମାନ ଓ ଖ୍ୟାତି ଥିଲା। ପ୍ରାଣନାଥ ପଟ୍ଟନାୟକ କେବଳ ଏକ ନାମ ନୁହେଁ। ଏହା ଏକ କ୍ରାନ୍ତିକାରୀ ସଙ୍ଗଠନ, ଏକ କ୍ରାନ୍ତିକାରୀ ତତ୍ତ୍ୱ, ଏକ କ୍ରାନ୍ତିକାରୀ ଇତିହାସ। ଆଗକୁ ଆଲୋକ ଦେଖାଉଥିବା ଏକ ଉଜ୍ଜ୍ୱଳ ନକ୍ଷତ୍ର।

## କର୍କଟ ପୀଡ଼ିତଙ୍କୁ ସହାୟତା ଯୋଗାଇଲା କଳ୍ପନା ଛକଟୋକା ସଂଘ

ଭୁବନେଶ୍ୱର (ପିଏନ୍): ସମାଜରେ ସାମାଜିକ ବିପ୍ଳବ ସୃଷ୍ଟି କରିବାରେ କଳ୍ପନା ଛକଟୋକା ସଂଘ ଏକ ସ୍ଥାନ ସୃଷ୍ଟି କରିପାରିଛି। ରାଜଧାନୀର ରାସ୍ତାକଡ଼ରେ ସମାଜ ମଙ୍ଗଳ ହୁଣ୍ଡି ପ୍ରତିଷ୍ଠା କରି ଅସହାୟ କର୍କଟ ରୋଗରେ ପୀଡ଼ିତ ଓ ପୀଡ଼ିତାଙ୍କ ମୁହଁରେ ଟିକେ ହସ ଫୁଟାଇବାରେ ସକ୍ଷମ ହୋଇପାରିଛି। ପାଞ୍ଚବର୍ଷ ପୂର୍ବରୁ ଯୁବକମାନଙ୍କଠାରୁ ହୁଣ୍ଡି ମାଧମରେ ଆଦାୟ ଅର୍ଥରାଶିକୁ ବର୍ତ୍ତମାନ ପର୍ଯ୍ୟନ୍ତ ୨୨ ଜଣ ମାରାତ୍ମକ କର୍କଟ ରୋଗୀଙ୍କୁ ନିଃସ୍ୱାର୍ଥପର ଭାବେ ତାର ସେବା ଜାରି ରଖିଛି। ରାଜଧାନୀର ବିଭିନ୍ନ ଖଟି ନିଶାମୁକ୍ତ, ହିଂସାମୁକ୍ତ ହେବା ସହ ସମାଜସେବାକୁ ଗୁରୁତ୍ୱ ଦେଇ ଭାଇଚାରା ବଜାୟ ରଖିବା ସଂଘର ଲକ୍ଷ୍ୟ ଓ ଉଦ୍ଦେଶ୍ୟ।

ଏହାକୁ ଆଖି ଆଗରେ ରଖି କଳ୍ପନା ଛକଟୋକା ସଂଘର ୨୩ତମ ସମାଜ ମଙ୍ଗଳ ହୁଣ୍ଡିଦାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସମାଜମଙ୍ଗଳ ହୁଣ୍ଡିର ପ୍ରତିଷ୍ଠାତା ନାରାୟଣ ଚନ୍ଦ୍ର ଓଝାଙ୍କ ସଭାପତିତ୍ୱରେ ମୁଖ୍ୟ ଅତିଥି ଭାବେ ମଧ୍ୟ ବିଧାୟକ ଶ୍ରୀଯୁକ୍ତ ଅନନ୍ତ ନାରାୟଣ ଜେନା ଯୋଗଦେଇ ସମାଜମଙ୍ଗଳ ହୁଣ୍ଡିର ମହାନ କାର୍ଯ୍ୟକୁ ଭୂୟସୀ ପ୍ରଶଂସା କରିଥିଲେ। ହୁଣ୍ଡିରୁ ଆଦାୟ ମୋଟ ତିରିଶି ହଜାର ପାଞ୍ଚଶହ ଏକ ଟଙ୍କା ଅର୍ଥରାଶି ବ୍ରହ୍ମେଶ୍ୱରପୁର, ଡେଲାଙ୍ଗ, ପିପିଲି ଅଞ୍ଚଳର କର୍କଟ ପୀଡ଼ିତ ସତ୍ୟପ୍ରିୟ ନାୟକଙ୍କୁ ଅତିଥିମାନଙ୍କ ଉପସ୍ଥିତିରେ ପ୍ରଦାନ କରାଯାଇଥିଲା।

ସମ୍ମାନିତ ଅତିଥି ଭାବେ ଏସିପି ବିଷ୍ଣୁ ପ୍ରସାଦ ପାତ୍ର, କର୍ପୋରେଟର ଆଶିଷ ପଟ୍ଟନାୟକ, ସମାଜସେବୀ ଆଦିତ୍ୟ ଗଜେନ୍ଦ୍ର, ଯୁବନେତା ସଂଗ୍ରାମ ମାର୍ଥା, ପ୍ରଯୋଜକ ଶ୍ରୀଧର ମାର୍ଥା, ସମାଜସେବୀ ତଥା କବୟିତ୍ରୀ ବନ୍ଦନା ହରିଚନ୍ଦନ, ସ୍ତମ୍ଭକାର ସୃଷ୍ଟିକୀର୍ତ୍ତି ତ୍ରିପାଠୀ, ସମାଜସେବୀ ମନସ୍ମିତା ଜେନା, ସମାଜସେବୀ ସସ୍ମିତା ଦାସ, ସମାଜସେବୀ ଲିପିକା ରାୟ, ନାଟ୍ୟ ପ୍ରାଧ୍ୟାପକ ଡା. ଅସିତ ଦାସ, ନିର୍ଦ୍ଦେଶକ ଶିବଶଙ୍କର ତ୍ରିପାଠୀ, ଅଭିନେତା ବୁଲୁ ପଣ୍ଡା, ଯାତ୍ରା ନାୟକ ହୃଷିକେଶ ମିଶ୍ର ପ୍ରମୁଖ ଯୋଗ ଦେଇଥିଲେ। ସଂଘର ସଭାପତି ଧୀରେନ ରାଉତରାୟ ଧନ୍ୟବାଦ ଅର୍ପଣ କରିଥିଲେ। ଉପସଭାପତି ପବିତ୍ର ଗଜେନ୍ଦ୍ର, ରୋହିତ କୁମାର, ସଞ୍ଜୟ ପରିଡ଼ା, ପ୍ରମୋଦ କୁମାର ପତି, ଗୁରୁପଦ ନାଥ, ବାସୁଭ ଦାସ, ତନ୍ମୟ ସାମନ୍ତରାୟ, ବାବୁଲା ପରିଡ଼ା, ସ୍ନିଗ୍ଧା ମହାନ୍ତି, ରୂପଶ୍ରୀ ସାହୁ, ବର୍ଷା ଦାସ, ଇମନ ମହାନ୍ତି, ଜ୍ୟୋତିର୍ମୟୀ ପଣ୍ଡା, ନିରଞ୍ଜନ ସାହୁ, ରାଜକୁମାର, ସନ୍ଧ୍ୟାରାଣୀ ପ୍ରମୁଖ କାର୍ଯ୍ୟକ୍ରମର ପରିଚାଳନା କରିଥିଲେ।

## କଂଗ୍ରେସ କର୍ମୀଙ୍କୁ ପିସିସି ସଭାପତିଙ୍କ ଧନ୍ୟବାଦ ଜ୍ଞାପନ

ରାଉରକେଲା (ପିଏନ୍): ପ୍ରଦେଶ କଂଗ୍ରେସ ସଭାପତି ଶ୍ରୀ ଶରତ ପଟ୍ଟନାୟକ ତାଙ୍କର ୩ ଦିନିଆ ରାଉରକେଲା ଓ ସୁନ୍ଦରଗଡ ଗସ୍ତ ସାରି ଭୁବନେଶ୍ୱର ଅଭିମୁଖେ ଯାତ୍ରା କରିଛନ୍ତି। ତାଙ୍କର ଏହି ଗସ୍ତ କାଳରେ ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ ହଜାର ହଜାର ସଂଖ୍ୟାରେ କଂଗ୍ରେସ କର୍ମୀ ତାଙ୍କୁ ସ୍ୱାଗତ କରି ସମ୍ବର୍ଦ୍ଧିତ କରିଥିଲେ। ସେହିପରି ସୁନ୍ଦରଗଡ ଜିଲ୍ଲା କଂଗ୍ରେସ ତରଫରୁ ମଧ୍ୟ ସୁନ୍ଦରଗଡରେ ଶ୍ରୀ ପଟ୍ଟନାୟକଙ୍କୁ ବିପୁଳ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା। ରାଜଗାଙ୍ଗପୁରରେ ମଧ୍ୟ ଯୁବ କଂଗ୍ରେସ କର୍ମୀଙ୍କୁ ନେଇ ଏକ ମହତ୍ୱପୂର୍ଣ୍ଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି ସମସ୍ତ କାର୍ଯ୍ୟକ୍ରମରେ ଉଭୟ ଜିଲ୍ଲା କଂଗ୍ରେସର କର୍ମକର୍ତ୍ତା ଓ କର୍ମୀ ତଥା ବରିଷ୍ଠ କଂଗ୍ରେସ ନେତୃବୃନ୍ଦ, ଯୁବ କଂଗ୍ରେସ, ଛାତ୍ର କଂଗ୍ରେସ, ମହିଳା କଂଗ୍ରେସ, କଂଗ୍ରେସ ସେବାଦଳ, କଂଗ୍ରେସର ଏସ୍‌ଟି ସେଲ୍, ଏସ୍‌ସି ସେଲ୍, ଓବିସି ସେଲ୍, ସଂଖ୍ୟାଲଘୁ ସେଲ୍, ଲିଗାଲ ସେଲ୍, କିସାନ ସେଲ୍, ମତ୍ସ୍ୟଜୀବି ସେଲ୍, ଅସଙ୍ଗଠିତ ଶ୍ରମିକ ସେଲ୍, ଆଇଏନ୍‌ଟିୟୁସି ଇତ୍ୟାଦିର ସମସ୍ତ କର୍ମକର୍ତ୍ତା ଓ କର୍ମୀମାନେ ଶ୍ରୀ ପଟ୍ଟନାୟକଙ୍କୁ ଯେପରି ବିପୁଳ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇ ଅତି ସୁନ୍ଦର ଭାବରେ ବିଭିନ୍ନ କାର୍ଯ୍ୟକ୍ରମ ଆୟୋନଜ କଲେ ସେଥିପାଇଁ ଶ୍ରୀ ପଟ୍ଟନାୟକ ସମସ୍ତଙ୍କୁ ଆନ୍ତରିକ ଧନ୍ୟବାଦ ଜ୍ଞାପନ କରିଛନ୍ତି। ଏହିସବୁ କାର୍ଯ୍ୟକ୍ରମକୁ ଯେପରି ସ୍ଥାନୀୟ ଗଣମାଧମ ପ୍ରତିନିଧି, ପୁଲିସ୍ ପ୍ରଶାସନ ତଥା ସହରବାସୀଙ୍କ ତରଫରୁ ବିଶେଷ ସହଯୋଗ ମିଳିଲା ସେଥିପାଇଁ ସେମାନଙ୍କୁ ଶ୍ରୀ ପଟ୍ଟନାୟକ ବିଶେଷ ଧନ୍ୟବାଦ ଜ୍ଞାପନ କରିଛନ୍ତି ବୋଲି ଏକ ପ୍ରେସ୍ ବିବୃତିରେ ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ କୁହାଯାଇଛି।

## ଶିକ୍ଷାବିତ୍ ଭଗବାନ ପଟ୍ଟନାୟକଙ୍କ ସ୍ମୃତିସଭା

ଖୋର୍ଦ୍ଧା (ପିଏନ୍): ଖୋର୍ଦ୍ଧା ଶିକ୍ଷାଜିଲ୍ଲା ଜିଲ୍ଲା ସମ୍ମାନପ୍ରାପ୍ତ ଶିକ୍ଷକ ଭଗବାନ ପଟ୍ଟନାୟକଙ୍କ ପ୍ରଥମ ଶ୍ରାଦ୍ଧବାର୍ଷିକୀ ସ୍ମୃତିସଭା ଜନ୍ମସ୍ଥାନ ବାଂକୋଇ ଠାରେ ଐତିହାସିକ ସତ୍ୟବାଦୀ ବଳିଆରସିଂହଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ସ୍ୱର୍ଗତ ପଟ୍ଟନାୟକ ବିଭିନ୍ନ ବିଷୟରେ ଗଭୀର ଜ୍ଞାନର ଅଧିକାରୀ ହୋଇ ଆଦର୍ଶ ଶିକ୍ଷକ ଭାବେ ସୁନାମ ଅର୍ଜନ କରିଥିଲେ ବୋଲି ସ୍ମୃତିସଭାରେ ମତପ୍ରକାଶ ପାଇଥିଲା। ଏହି କାର୍ଯ୍ୟକ୍ରମରେ ଐତିହାସିକ ରବୀନ୍ଦ୍ରନାଥ ପରିଡ଼ା ମୁଖ୍ୟଅତିଥି, ଶିକ୍ଷାବିତ୍ ହରିବନ୍ଧୁ ସାହୁ ମୁଖ୍ୟବକ୍ତା, ରାଜ୍ୟ ପ୍ରାଥମିକ ଶିକ୍ଷକ ସଂଘର ଉପସଭାନେତ୍ରୀ ସଂଗୀତା ଦାଶ ସ୍ୱତଂତ୍ର ଅତିଥି ଏବଂ ସମ୍ମାନିତ ଅତିଥି ଭାବେ କୃଷି ବିଭାଗର ଅବସରପ୍ରାପ୍ତ ନିର୍ଦ୍ଦେଶକ ଡ. କେଶବ ଚନ୍ଦ୍ର ଭୋଳ, ବାଲ୍ମୀକ ବଳିଆରସିଂହ, ଗୋବିନ୍ଦ ଚନ୍ଦ୍ର ସାହୁ ପ୍ରମୁଖ ଯୋଗଦେଇ ସ୍ୱର୍ଗତ ଶିକ୍ଷକଙ୍କ ବହୁମୁଖୀ ଗୁଣାବଳିର ସ୍ମୃତିଚାରଣ କରିଥିଲେ। ଏହି ଅବସରରେ ସ୍ୱର୍ଗତ ପଟ୍ଟନାୟକଙ୍କ ଜୀବନୀ ଆଧାରିତ ସ୍ମରଣିକା 'ଜ୍ଞାନଦୀପ୍ତ' ଉନ୍ମୋଚିତ ହୋଇଥିଲା। ଭଗବାନ ପଟ୍ଟନାୟକ ସ୍ମୃତି ସଂସଦ ପକ୍ଷରୁ ଶିକ୍ଷାବିତ୍ ସଂଗୀତା ଦାଶ, ଖୋର୍ଦ୍ଧାର କବୟିତ୍ରୀ ସୁବାସିନୀ ପଟ୍ଟନାୟକ, ଟାଂଗୀର ଶିକ୍ଷକନେତା ପ୍ରସନ୍ନ ଶ୍ରୀଚନ୍ଦନଙ୍କୁ ସମ୍ବର୍ଧିତ କରାଯାଇଥିଲା। ଡ. କୃଷ୍ଣଚନ୍ଦ୍ର ପଟ୍ଟନାୟକ ଅତିଥଇ ପରିଚୟ ଓ ସ୍ୱାଗତ ଭାଷଣ ଦେଇଥିବାବେଳେ କନ୍ୟା ମଂଜୁଶ୍ରୀ ପଟ୍ଟନାୟକ ଧନ୍ୟବାଦ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ସୁକାନ୍ତ ଦାସ, ପ୍ରାଣକୃଷ୍ଣ ପାତ୍ର, ବାସୁଦେବ ସିଂହ, ପଂଚୁ ଭାରିମଲ୍ଲ, ଚିନ୍ତାମଣି ବିଶ୍ୱାଳ, ଡ. ବିବେକାନନ୍ଦ ସ୍ୱାଇଁ, ଗୀତାରାଣୀ ମହାପାତ୍ର ପ୍ରମୁଖ ତାଂକର ବହୁମୁଖୀ ଗୁଣାବଳି ଉପରେ ଆଲୋକପାତ କରିଥିଲେ। ପୁତ୍ର ଶିଶିର କୁମାର ପଟ୍ଟନାୟକ, ଶରତ କୁମାର ପଟ୍ଟନାୟକ, ଗୀତାଂଜଳି ହରିଚନ୍ଦନ, ନିଗମ ପ୍ରସାଦ ହରିଚନ୍ଦନ, ସତ୍ୟାନନ୍ଦ ଜଗଦ୍ଦେବ, ଆଶୁତୋଷ ପଟ୍ଟନାୟକ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ମହିଳା ଓ ଶିଶୁ ଡେସ୍କ ଅଧିକାରୀଙ୍କ କର୍ମଶାଳା

ବାଲେଶ୍ୱର (ପିଏନ୍)- ରାଜ୍ୟ ପୁଲିସ ବିଭାଗ ଅଧୀନରେ ଥିବା ଥାନାଗୁଡ଼ିକରେ ଖୋଲିଥିବା ମହିଳା ଓ ଶିଶୁ ଡେସ୍କରେ କର୍ମରତ ପୁଲିସ କର୍ମଚାରୀମାନଙ୍କର ଦୁଇଦିନିଆ କର୍ମଶାଳା ନୋସୀ ବିଜନେସ ପାର୍କ ସମ୍ମିଳନୀରେ ଉଦ୍‌ଘାଟିତ ହୋଇଯାଇଛି। ଏଥିରେ ଅତିଥି ଭବେ ବିଭାଗୀୟ ଏ.ଡ଼ି.ଜି ରେଖା ଲୋହାନି, ସମ୍ମାନିତ ଅତିଥି ଭାବେ ପୂର୍ବାଞ୍ଚଳ ରେଞ୍ଜ ଆଇ.ଜି ହିମାଂଶୁ ଲାଲ ଓ ଜିଲ୍ଲା ଆରକ୍ଷୀ ଅଧିକ୍ଷକ ସୁଧାଂଶୁ ଶେଖର ମିଶ୍ର ପ୍ରମୁଖ ଶିଶୁ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାର ଓ ଏତଲା ଥାନାରେ ଦେବାପରେ ଡେସ୍କ ପକ୍ଷରୁ କିଭଳି ପଦକ୍ଷେପ ନିଆଯିବ ସେ ସମ୍ପର୍କରେ ବୁଝାଇଥିଲେ। ଚାଇଲ୍ଡ୍ ଲାଇନ ଓ ୟୁନିସେଫର ବୈଷୟିକ ସହଯୋଗରେ ଆୟୋଜିତ କର୍ମଶାଳାରେ ଚାଇଲ୍ଡ୍ ଲାଇନ ପକ୍ଷରୁ ନିଯୁକ୍ତ ରିଶୋର୍ସ ପର୍ସନ ତଥା ଟ୍ରେନର କେ. ରମେଶ, ରାଜୁ କୋଟାଇ ଏବଂ ଆରକା ଲାହା ପ୍ରମୁଖ ଭଦ୍ରକ ଯାଜପୁର ଓ ବାଲେଶ୍ୱର ଜିଲ୍ଲାର ବିଭିନ୍ନ ଥାନାରୁ ଆସିଥିବା ପୁଲିସ ଅଧିକାରୀମାନେ ଉପସ୍ଥିତ ରହି ଟ୍ରେନରମାନଙ୍କ ବିଭିନ୍ନ ପ୍ରଶ୍ନଗୁଡ଼ିକର ଉତ୍ତର ଦେଇଥିଲେ। ଟ୍ରେନରମାନେ ମୁଖ୍ୟତଃ ୩୫ଟି ପ୍ରସଙ୍ଗ ଉପରେ ବୁଝାଇଥିଲେ।


DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Mahaditya Publication

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ପୋଷ୍ଟାଲ କର୍ମଚାରୀଙ୍କ ଦିନିକିଆ ପ୍ରତିବାଦ ଆନ୍ଦୋଳନ

କେନ୍ଦୁଝର(ପିଏନ)-କେନ୍ଦ୍ର ମିଳିତ କ୍ରିୟାନୁଷ୍ଠାନ ଡାକ କର୍ମଚାରୀ ସଂଘ ଆହ୍ୱାନ କ୍ରମେ ସାରା ଦେଶରେ କେନ୍ଦ୍ର ସରକାରଙ୍କ କର୍ମଚାରୀ ମାରଣ ନୀତି ବିରୋଧରେ କେନ୍ଦୁଝରଗଡ ମୁଖ୍ୟ ଡାକଘରେ ଏକ ଦିନିକିଆ ପ୍ରତିବାଦାତ୍ମକ ଆନ୍ଦୋଳନ ଅନୁଷ୍ଠିତ ହୋଇଯାଇଛି । ସଂପ୍ରତି ସମସ୍ତ କେନ୍ଦ୍ରିୟ କର୍ମଚାରୀଙ୍କୁ ବୋନସ୍ ପ୍ରଦାନ ଆଇନ୍ ୧୯୭୮ ମସିହା ଠାରୁ ପ୍ରଚଳନ କରାଯାଅଛି । କିନ୍ତୁ ଚଳିତ ବର୍ଷ କରୋନାର ଆଳ ଦେଖାଇ କେନ୍ଦ୍ର କର୍ମଚାରୀଙ୍କ ମହଙ୍ଗା ଭ   । ତଥା ବୋନସ୍ ଇତ୍ୟାଦି ବ  ର୍ମାନ ସୁଦ୍ଧା କର୍ମଚାରୀଙ୍କୁ ପ୍ରଦାନ କରାଗଲା ନାହିଁ । ହଜାର ହଜାର କୋଟି ଟଙ୍କା ସୌନ୍ଦର୍ଯ୍ୟକରଣ ଓ ଗସ୍ତ ଖର୍ଚ୍ଚ ଇତ୍ୟାଦିରେ ଅପବ୍ୟୟ ହେଉଥିଲେ ମଧ୍ୟ କେନ୍ଦ୍ର କର୍ମଚାରୀଙ୍କ ହକ୍ ଦାବି ପ୍ରତି ସରକାରଙ୍କ ଉଦାସିନତା ଯୋଗୁଁ କେନ୍ଦ୍ର କର୍ମଚାରୀଙ୍କ ମନରେ ତୀବ୍ର ପ୍ରତିକ୍ରିୟା ସୃଷ୍ଟି ହୋଇଛି । ଏହାର ପ୍ରତିବାଦ ସ୍ୱରୂପ କେନ୍ଦୁଝର ଡାକଘରେ ତୃତୀୟ ଶ୍ରେଣୀ ଡାକ କର୍ମଚାରୀ ସମ୍ପାଦକ ଅମୂଲ୍ୟ ମିଶ୍ର, ଜିଲ୍ଲା ପୋଷ୍ଟମ୍ୟାନ୍ ସମ୍ପାଦ ତ୍ରିଲୋଚନ ମହାନ୍ତ, ଜିଲ୍ଲା ଗ୍ରାମୀଣ ଡାକ ସେବକ ସମ୍ପାଦକ ସଞ୍ଜୟ ପଣ୍ଡାଙ୍କ ନେତୃତ୍ୱରେ ଶତାଧିକ ଗ୍ରାମୀଣ ଡାକ ସେବକ, ପୋଷ୍ଟାଲ କର୍ମଚାରୀ ଅଂଶ ଗ୍ରହଣ କରିଥିଲେ । ଏହି ପ୍ରତିବାଦ ସଭାରେ ପୂର୍ବତନ ରାଜ୍ୟ ସର୍କଲ ସମ୍ପାଦକ ନିର୍ମଳ ସିଂ ପ୍ରମୁଖ ଉଦ୍‌ବୋଧନ ଦେଇଥିଲେ । ଜିଲ୍ଲା ତୃତୀୟ ଶ୍ରେଣୀ ଡାକ କର୍ମଚାରୀ ସମ୍ପାଦକ ଅମୂଲ୍ୟ ମିଶ୍ର ତାଙ୍କ ଅଭିଭାଷଣରେ କହିଥିଲେ ଯେ ଇତିହାସର ପ୍ରଥମଥରପାଇଁ କେନ୍ଦ୍ର ସରକାର କର୍ମଚାରୀଙ୍କୁ ଶୋଷଣ କରିବାରେ ସଂଙ୍କଳ୍ପ ନେଇଛନ୍ତି । ତେଣୁ କେନ୍ଦ୍ର ସରକାରଙ୍କ ଏତାଦୃଶ ଅନ୍ୟାୟ ଆଦେଶ ପାଇଁ କର୍ମଚାରୀମାନେ ଏହାର ଘୋର ବିରୋଧ କରିବା ବ୍ୟତୀତ ଅନ୍ୟ ବିକଳ୍ପ କିଛିନାହିଁ । ଗ୍ରାମୀଣ ଡାକ ସେବକ ଜିଲ୍ଲା ସମ୍ପାଦକ ସଞ୍ଜୟ ପଣ୍ଡା ଗ୍ରାମୀଣ ଡାକ ସେବକଙ୍କ ବହୁବିଦ୍ଧ ସମସ୍ୟା ସମନ୍ଧେ ଦୃଷ୍ଟି ଆକର୍ଷଣ କରିଥିଲେ । ସେମାନେ ଡାକ ବିଭାଗର ମେରୁଦଣ୍ଡ ହୋଇଥିଲେ ହେଁ ସବୁଠାରୁ ଅବହେଳିତ ଅବସ୍ଥାରେ ଅଛନ୍ତି । ସାମାନ୍ୟ କେଇଟଙ୍କା ଦରମାରେ ବ  ର୍ମାନର ଏକ ନିଅ  ି ଆ ସମୟରେ ପରିବାର ପ୍ରତିପୋଷଣ ଯେ କେତେ କଷ୍ଟ ସେକଥା ଅବର୍ଣ୍ଣନୀୟ ବୋଲି କହିଥିଲେ । ଗ୍ରାମୀଣ ଡାକ ସେବକଙ୍କ ଅବସର ପରେ ଟଙ୍କାଟିଏ ମଧ୍ୟ ପେନ୍‌ସନ୍ ବ୍ୟବସ୍ଥା ନାହିଁ । ସାରା ଜୀବନ ଯେଉଁ ବିଭାଗ ପାଇଁ କଷ୍ଟ ସ୍ୱୀକାର କରିଛନ୍ତି ଅବସର ପରେ ସେମାନେ ନିକୃଷ୍ଟତମ ବୃ  ି ମଧ୍ୟ ଆଦରି ନେବାର ଦୃଷ୍ଟାନ୍ତ ରହିଛି । ସାରା ବିଶ୍ୱରେ ଏ ପ୍ରକାର ବ୍ୟବସ୍ଥା କେଉଁଠାରେ ମଧ୍ୟ ଦେଖାଯାଇ ନାହିଁ ବୋଲି ମଧ୍ୟ ଶ୍ରୀ ପଣ୍ଡା ପ୍ରକାଶ କରିଥିଲେ । ସରକାର ସହାନୁଭୁତିଶୀଳ ହୋଇ ତୁରନ୍ତ ଏମାନଙ୍କୁ ସରକାରୀ କର୍ମଚାରୀ ଘୋଷଣା କରାଯିବାକୁ ଦାବି କରିଥିଲେ ତଥା ମହଙ୍ଗା ଭ   । ଓ ବୋନସ୍ ଅବିଳମ୍ବେ ପ୍ରଦାନ କରାଯିବାକୁ ଦାବି ରଖିଲେ । ନିଜର ହକ୍ ହାସଲ ପାଇଁ ସଙ୍ଗବଦ୍ଧ ଭାବେ ସମସ୍ତ କର୍ମଚାରୀ ସଂଗ୍ରାମ କରିବାକୁ ଆହ୍ୱାନ ଦେଇଥିଲେ । କର୍ମଚାରୀଙ୍କ ହକ୍ ଦାବି ପ୍ରତି ସରକାର କାଳକ୍ଷେପଣ ନୀତି ପ୍ରୟୋଗ କଲେ ଆଗାମୀ କାଲି ସଂଗ୍ରାମ ତୀବ୍ରତର ହେବ ବୋଲି ଚେତାବନୀ ଦେଇଥିଲେ । ଉକ୍ତ କାର୍ଯ୍ୟକ୍ରମରେ ପରମାନନ୍ଦ ଦାସ, ଲକ୍ଷ୍ମଣ ମହାପାତ୍ର, ବିଦ୍ୟାଧର ସିଂ, କବିତା ମହାନ୍ତ, ପୁଷ୍ପଲତା ମହାନ୍ତ, ସନାତନ ସାହୁ, ବିଦ୍ୟାଧର ଦେହୁରୀ, ମହେନ୍ଦ୍ର ମହାନ୍ତ, ତ୍ରିନାଥ ରଣା ପ୍ରମୁଖ ଅଂଶଗ୍ରହଣ କରିଥିଲେ ।

# ବୋନସ ଦାବି ନେଇ ଠିକା ଶ୍ରମିକମାନେ ବିଚାକୁଣ୍ଡି ଟାଟା ଷ୍ଟିଲ କାର୍ଯ୍ୟାଳୟ ଘେରାଉ



ଯୋଡା,(ପିଏନ)- ବର୍ଦ୍ଧିତ ହାରରେ ବୋନସ ଦାବି କରି ଯୋଡା ଖଣି ମଣ୍ଡଳ ଅନ୍ତର୍ଗତ ଟାଟା ଷ୍ଟିଲ୍ ଫେରୋ ଆଲଏଜ ମାଙ୍ଗାନିଜ ଡିଭିଜନ ପରିଚାଳନାଧିନ ବିଚାକୁଣ୍ଡି ଓ ଖଣ୍ଡବନ୍ଧ ମାଙ୍ଗାନିଜ ଖଣିରେ ଅନୁବନ୍ଧିତ କରୋନେସନ ଇଣ୍ଡିଆ ପ୍ରାଇଭେଟ୍ ଲିଃ (ସିଆଇପିଏଲ) ନାମକ ଜୈନିକ ଖଣି ଠିକା ସଂସ୍ଥାରେ କାମ କରୁଥିବା ଶତାଧିକ ଠିକା ଶ୍ରମିକ ଗତକାଲି ଠାରୁ ବିଚାକୁଣ୍ଡି ମାଙ୍ଗାନିଜ ଖଣିର ଟାଟା ଷ୍ଟିଲ କାର୍ଯ୍ୟଳୟକୁ ଘେରାଉ କରିଥିବାର ଖବର ମିଳିଛି । ଶାନ୍ତି ଶୃଙ୍ଖଳା ନିମନ୍ତେ ଯୋଡା ପୁଲିସ ଘଟଣା ସ୍ଥଳରେ ନିୟୋଜିତ ରହିଥିବାର ସୂଚନାରୁ ପ୍ରକାଶ । ଅନ୍ୟପକ୍ଷେ ସମାନ କାରଣରୁ ସିଆଇପିଏଲ ଅଧିନରେ ଖଣ୍ଡବନ୍ଧ ମାଙ୍ଗାନିଜ ଖଣିରେ କାର୍ଯ୍ୟରତ ଶତାଧିକ ଠିକା ଶ୍ରମିକ ଗତ ୮ ଦିନ ହେଲା କାର୍ଯ୍ୟବନ୍ଦ ଆନ୍ଦୋଳନରେ ସାମିଲ ଥିବାର ଖବର ମିଳିଛି । ନିୟମ ମୁତାବକ ସିଆଇପିଏଲ ଉଭୟ ଖଣି ନିମନ୍ତେ ୮.୩୩ ଶତକଡା ବୋନସ ଘୋଷଣା ପରେ ଠିକା ଶ୍ରମିକଙ୍କ ପକ୍ଷରୁ ଅଧିକ ବୋନସ ଦାବିରେ ଏଭଳି ଅଭାବନୀୟ ପରିସ୍ଥିତି ସୃଷ୍ଟି ହୋଇଥିବାର ଖବର ମିଳିଛି । ତେବେ ୨୦୧୯ ରେ ବିଚାକୁଣ୍ଡି ଖଣି ଠିକା ଶ୍ରମିକ ୧୨ ଶତକଡାରୁ ଉର୍ଦ୍ଧ୍ୱ ରାଶି ପୂଜା ବୋନସ ଆକାରରେ ପାଇଥିବା  ବେଳେ ୨୦୨୦ ଚଳିତ ବର୍ଷ ମହାମାରୀ କରୋନାକୁ ନେଇ ଆର୍ଥିକ ସ୍ଥିତି ଉଜାଡି ଯାଇଥିବା ହେତୁ କମ୍ପାନୀ କ୍ଷତି ସହୁଥିବାରୁ ବନୋସ ହାର ୮.୩୩ ଶତକଡା ଘୋଷଣା କରିଥିଲେ । ଏହାର ବିରୋଧ କରି ଶ୍ରମିକ ମାନେ ଟାଟା ଷ୍ଟିଲ ଅଫିସ ଘେରାଉ କରିବା ପରେ ଉକ୍ତ ଠିକାଦାର ୧୦.୫ ଶତକଡା ବଢାଇଥିଲେ ମଧ୍ୟ ଖଣ୍ଡବନ୍ଧ ଖଣି ଠିକା ଶ୍ରମିକ ୧୫ ଶତକଡା ପୂଜା ବୋନସ ପାଇଁ ଜିଦର ଅଟଳ ରହିଥିଲେ । ଏଠାରେ ଉଲ୍ଲେଖ ଯୋଗ୍ୟ, ୨୦୧୮ ଅଗଷ୍ଟ ମାସରୁ ସିଆଇପିଏଲ ସଂସ୍ଥା ସମ୍ପୃକ୍ତ ଖଣି ଦ୍ୱୟରେ ମାଙ୍ଗାନିଜ ଖନନ,ଉତ୍ତୋଳନ,ପରିବହନ ଓ ପ୍ରକ୍ରିୟାକରଣ ନିମନ୍ତେ ନିୟୋଜିତ ହୋଇ ସେପ୍ଟେମ୍ବର ମାସରୁ କାର୍ଯ୍ୟ ଆରମ୍ଭ କରିଥିଲେ । ଅପରପକ୍ଷେ ପ୍ରନ୍ସିପାଲ ଏମ୍ପ୍ଲୟର ଟାଟା ଫେରୋ ଆଲଏଜ ମାଙ୍ଗାନିଜ ଡିଭିଜନ ସହ ଚୁକ୍ତିନାମା ମୁତାବକ ଓ ନିୟମ ଅନୁଯାୟୀ ବିଗତ ଆର୍ଥିକ ବର୍ଷର ସେପ୍ଟେମ୍ବର ରୁ ମାର୍ଚ୍ଚ ସାତ ମାସ ନିମନ୍ତେ ୧୦.୫ ଶତକଡା ବୋନସ ଧାର୍ଯ୍ୟ ଘଟଣାକୁ ନ୍ୟାଯ୍ୟ ବୋଲି କହିବା ସହ କମ୍ପାନୀର ଅନ୍ୟ ଭେଣ୍ଡର ସମୂହ ସମାନ ବୋନସ ବ୍ୟବସ୍ଥା କାର୍ଯ୍ୟକାରୀ କରିଥିବାର ସିଆଇପିଏଲ ପକ୍ଷରୁ ଏହାର ମହାପ୍ରବନ୍ଧକ ଅନୁଭବ ଦ   ନିଜ ଜିଦରେ ଅଟଳ ଥିବାର ଖବର ମିଳିଛି । ତେବେ ଖବର ଲେଖା ହେବା ପର୍ଯ୍ୟନ୍ତ ସମ୍ପୃକ୍ତ ଖଣି ଠିକା ସଂସ୍ଥା ଓ ଠିକା ଶ୍ରମିକଙ୍କ ମଧ୍ୟରେ କୌଣସି ପ୍ରକାର ସହମତି ପ୍ରକାଶ ପାଇନଥିବାରୁ ଘଟଣା ସ୍ଥଳରେ ଚପା ଉତ୍ତେଜନା ଲାଗି ରହିଥିବା ସହ ଦାବି ପୂରଣ ନ ହେଲେ ଗତକାଲି ଠାରୁ ଖଡବନ୍ଧ ଖଣିକୁ ଶ୍ରମିକମାନେ ଅନିଦିଷ୍ଟ କାଳ ପର୍ଯ୍ୟନ୍ତ ବନ୍ଦ ରହିବ ବୋଲି ଚେତାବୀ ଦେଇଥିବା ଖବର ମିଳିଛି ।




2024-2025

ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada


# ମହିଳାଙ୍କୁ ହତ୍ୟା ଘଟଣାରେ ପୋଲିସର ଉଦାସୀନତା ବିରୋଧରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା

## କ୍ରାଇମବ୍ରାଂଚ ତଦନ୍ତ ଦାବି କଲା ପରିବାର




କେନ୍ଦ୍ରାପଡା, (ପିଏନ)-ଅଧିକ ଯୌତୁକ ଦାବିକରି ମହିଳାଙ୍କୁ ନିର୍ଯ୍ୟାତନା ଦେଇ ହତ୍ୟା କରିଥିବା ଘଟଣାରେ ପୋଲିସର ଉଦାସୀନତା ପ୍ରତିବାଦରେ ଗୁରୁବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦେଇଛନ୍ତି ମୃତ ମହିଳାଙ୍କ ପରିବାର ଲୋକେ । ଅଭିଯୋଗ ଅନୁଯାଇ ପଟ୍ଟାମୁଣ୍ଡାଇ ଥାନା ଅନ୍ତର୍ଗତ ଜରିଆବାଡ ଗ୍ରାମର ବୁଲାକର ମଳିକଙ୍କ ପୁଅ ନାରାୟଣ ମଳିକ ସଦର ଥାନାରେ ଅଭିଯୋଗ କରିଛନ୍ତି ଯେ ତାଙ୍କ ଭଉଣୀ ସସ୍ମିତା ମଳିକ ଗତ ୧୪ବର୍ଷ ତଳେ ସଦର ଥାନା ଅନ୍ତର୍ଗତ ଗରାପୁର ଗ୍ରାମର ବାଇଧର ମଳିକଙ୍କୁ ବିବାହ କରିଥିଲେ । ବିବାହର କିଛିଦିନ ପରେ ଉଭୟ ସସ୍ମିତା ଓ ବାଇଧରଙ୍କ ମଧ୍ୟରେ ପାଟିଗୋଳ ଆରମ୍ଭ ହୋଇଥିଲା । କାରଣ ବାଇଧର ଅନ୍ୟଏକ ଝିଅକୁ ଭଲପାଉଥିଲା । ଏହି ପାଟିଗୋଳ ହେବା ପରେ ତାଙ୍କ ଭଉଣୀ ବାପଘରକୁ ଚାଲିଯାଏ । ଶାଶୁଘର ଲୋକେ କିଛିଦିନ ପରେ ଯାଇ ସସ୍ମିତାକୁ ବୁଝାଶୁଝା କରି ନେଇଆସିଥାନ୍ତି । ଏଭଳି ବାରମ୍ବାର ହୋଇଥାଏ । ତାଙ୍କ ଭଉଣୀର ଶାଶୁ ଭାରତୀ ମଳିକ,ଦିଅର ଧକି,ଯାଆ ପୁଷ୍ପା,ମାମୁଁ ଆଦିକନ୍ଦ ପ୍ରମୁଖ ମିଶି ତାଙ୍କ ଭଉଣୀ ସସ୍ମିତାକୁ ଅଧିକ ଯୌତୁକ ଦାବୀକରି ସସ୍ମିତାକୁ ମାନସୀକ,ଶାରୀରିକ ନିର୍ଯ୍ୟାତନା ଦେଉଥିବା ସମ୍ପର୍କରେ ତାଙ୍କ ଭଉଣୀ ପୂର୍ବରୁ ଜଣାଇଛି ବୋଲି ସେ ଅଭିଯୋଗ କରିଛନ୍ତି । ଶେଷରେ ତାଙ୍କ ଭଉଣୀକୁ ସମସ୍ତେ ମିଶି ମାରିଦେଇଥିବା ମଧ୍ୟ ସେ ସଦର ଥାନାରେ ଅଭିଯୋଗ କରିଛନ୍ତି । ତାଙ୍କ ଅଭିଯୋଗକୁ ଭି  ି କରି ସଦର ଥାନା ପୋଲିସ ୨୩୭/ ୨୦୨୦ରେ ଆଇପିସିର ଧାରା ୪୯୮(କ),୩୦୨,୩୪ଦଫାରେ ଏବଂ ଯୌତୁକ ନିରୋଧ ଆଇନ ୪ ଅନୁଯାଇ ଏକ ମାମଲା ରୁଜୁକରିଛନ୍ତି । ସଦର ଥାନା ପୋଲିସ ମୃତକର ସ୍ୱାମୀ ବାଇଧର ମଳିକଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିଲେ ମଧ୍ୟ ଅନ୍ୟ ଅଭିଯୁକ୍ତମାନଙ୍କୁ ଗିରଫ ନକରିବା ଏବଂ ବିବାହ ସମୟରେ ଝିଅ ସସ୍ମିତାକୁ ଦିଆଯାଇଥିବା ସମସ୍ତ ଜିନିଷ ନଫେରାଇବା ଘଟଣା ଏବଂ ହତ୍ୟାକୁ ଆତ୍ମହତ୍ୟାର ରୂପ ଦେବାକୁ ପୋଲିସ ଉଦ୍ୟମ କରୁଥିବା ଘଟଣା ପୋଲିସର ନୀରପେକ୍ଷତା ଉପରେ ସନ୍ଦେହ ପ୍ରକାଶ କରି ପରିବାର ପକ୍ଷରୁ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦିଆଯାଇଛି । ଏଥିସହିତ ଏହି ହତ୍ୟା ଘଟଣାର କ୍ରାଇମବ୍ରାଂଚ ତଦନ୍ତ କରାଯିବାକୁ ପରିବାର ପକ୍ଷରୁ ଜିଲ୍ଲାପାଳଙ୍କୁ ଏକ ଦାବିପତ୍ର ପ୍ରଦାନ କରାଯାଇଛି । ଏହି ଦାବିପତ୍ର ପରିବାର ପକ୍ଷରୁ ନାରାୟଣ ମଳିକ, ଶୁକାନ୍ତି ମଳିକ, ବିନିତା ମଳିକ, ସୁଷମା ମଳିକ, ରଚନା ମଳିକ ପ୍ରମୁଖ ଦେଇଛନ୍ତି ।

# ମାଟି ଏବଂ ପଲିଥିନ୍ ଘରେ ବିତୁଛି ଜୀବନ

ଘଟଗାଁ(ପିଏନ)-ଉଭୟ କେନ୍ଦ୍ର ଏବଂ ରାଜ୍ୟ ପ୍ରତ୍ୟେକ ଦିନ ଅନେକ ଗରିବ ବାସହରା ହିତାଧିକାରୀଙ୍କୁ ରାଜ୍ୟ ସରକାରଙ୍କ ବିଜୁ ପକ୍କା ଘର କିମ୍ବା କେନ୍ଦ୍ର ସରକାରଙ୍କ ପ୍ରଧାନମନ୍ତ୍ରୀ ଆବାସ ଯୋଜନା ଅନ୍ତର୍ଭୁକ୍ତ କରାଇ ଘର ଯୋଗାଉଥିବା ଦେଖିବାକୁ ମିଳୁଥିବା ବେଳେ ଅନେକ ଲୋକ ଆଜିବି ଝାଟି ମାଟି ଏବଂ ପାଲ ପଲିଥିନ୍ ଘରେ ଜୀବନ ବିତାଉଥିବା ଦେଖିବାକୁ ମିଳୁଛି । ଏଭଳି ଏକ ଅବିକଳ ଚିତ୍ର ଦେଖିବାକୁ ମିଳିଛି କେନ୍ଦୁଝର ଜିଲ୍ଲା ଘଟଗାଁ ବ୍ଲକ୍ ଅନ୍ତର୍ଗତ ସୁନାରୀପଶୀ ଗାଁରେ । ଗାଁର ଚରଣ ମୁଣ୍ଡା ଆଜକୁ ତିନି ବର୍ଷ ହେବ ଏକ ଝାଟି, ପିଲିଥିନ୍‌କୁ ଘରର କାନ୍ଥ କରି ରହୁଥିବା ଦେଖିବାକୁ ମିଳୁଛି । ଚରଣ ଦିନ ମଜୁରୀଆ ହୋଇଥିବାରୁ ଘର ଖଣ୍ଡିଏ ବନାଇବାକୁ ସକ୍ଷମ ନାହିଁ ତାର । କେନ୍ଦୁଝର ଜିଲ୍ଲା ଘଟଗାଁ ବ୍ଲକ୍ ଅନ୍ତର୍ଗତ ସୁନାରିପଶୀ ଗାଁର ରାଜାବନ୍ଧ ସାହିର ଚରଣ ମୁଣ୍ଡା । ବୟସ ପାଖାପାଖି ୪୦ ହେବ । ପରିବାରରେ ସ୍ତ୍ରୀ ସହିତ ତିନୋଟି ପୁଅ । ଚରଣ ଜଣେ ଦିନ ମଜୁରିଆ ଖଟିଖିଆ ଲୋକ । ପ୍ରତ୍ୟେକ ଦିନ ଯାହା ମୁଲମଜୁରି କରି ଆଣିଥାଏ, ସେସବୁ ପରିବାରର ଖାଇବାକୁ ମଧ୍ୟ ଅଂଟେନାହିଁ । ପୂର୍ବରୁ ସେ ବରାହଟିପୁରା ଗାଁରେ ରହୁଥିଲେ, ବାପା ଚାଲି ଗଲା ପରେ ବାସ ହରା ହୋଇ ଆଜକୁ ତିନି ବର୍ଷ ହେବ ସୁନାରିପଶି ଗାଁର ରଜାବନ୍ଧ ସାହିରେ ରହୁଛନ୍ତି । ଚରଣ ସ୍ତ୍ରୀ ସହିତ ତିନି ପୁଅଙ୍କୁ ନେଇ ନାହିଁ ନଥିବା ଅଭାବ ଅନଟନରେ ଜୀବନ ବିତାଉଛନ୍ତି । ଠିକ୍‌ସେ ନିଜ ପରିବାରର ଗୁଜରାଣ ମେଂଟାଇପାରୁ ନଥିବା ଚରଣ ଘର ଖଣ୍ଡିଏ ବନାଇବା ପାଇଁ ତା ପାଖରେ ସମ୍ବଳ ନାହିଁ । ଯାହାଫଳରେ ଆଜକୁ ତିନି ବର୍ଷରୁ ଉର୍ଦ୍ଧ୍ୱ ହେବ ଝାଟି, ପଲିଥିନକୁ କାନ୍ଥ କରି ଗୋଟିଏ ଝାଟି ଘରେ ରହୁଛନ୍ତି । ଘର ଖଣ୍ଡିଏ ପାଇଁ ବାରମ୍ବାର ବ୍ଲକ୍ ପ୍ରଶାସନର ଦ୍ୱାରସ୍ଥ ହୋଇଥିଲେ ମଧ୍ୟ ଆଜି ପର୍ଯ୍ୟନ୍ତ ତାଙ୍କ ପାଇଁ ସରକାଙ୍ଗ ପ୍ରଧାନ ମନ୍ତ୍ରୀ ଏବଂ ବିଜୁ ବିଜୁ ପକ୍କା ଘର ଯୋଜନା ସାତସପନ । ତେବେ ବାସ ହରା ଲୋକମାନଙ୍କ ପାଇଁ ସରକାର ମାଳ ମାଳ ଯୋଜନା କରୁଥିଲେ ମଧ୍ୟ ଆଜିବି ଅନେକ ଲୋକ ଏଭଳି ଅବସ୍ଥାରେ ଝାଟି, ପଲିଥିନ୍‌କୁ କାନ୍ଥ କରି ରହୁଛନ୍ତି । ଚରଣ ମଧ୍ୟ ଆଜକୁ ତିନି ବର୍ଷ ହେବ ଏହି ଝାଟିମାଟିରେ ତିଆରି କାନ୍ଥ ପାଂଚ ଜଣ ପରିବାରକୁ ନେଇ ଏଭଳି ଦୁର୍ଦ୍ଦିନରେ ରହୁଛି । ତେବେ ଆମ ପ୍ରତିନିଧି ଚରଣଙ୍କ କରୁଣ କାହାଣୀ ଘଟଗାଁ ବିଡିଓଙ୍କ ପାଖରେ ଅବଗତ କରାଇବାରୁ ସେ ଖୁବଶିଘ୍ର ସରକାରଙ୍କ ଆବାସ କିମ୍ବା ପକ୍କା ଘର ଯୋଜନାରେ ଅନ୍ତର୍ଭୁକ୍ତ କରାଇ ଘର ଖଣ୍ଡିଏ ଦେବାର ବ୍ୟବସ୍ଥା କରିବେ ବୋଲି ପ୍ରତିସୃତି ଦେଇଛନ୍ତିମ ।

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

ପର୍ଯ୍ୟବେକ୍ଷକ

୨୬ ବର୍ଷରେ

Bhubaneswar Thursday February 29, 2024 ଭୁବନେଶ୍ୱର ଗୁରୁବାର, ଫେବୃଆରୀ ୨୯,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com ୮

# ଏସ୍‌ବିଆଇ ଲାଇଫ ପକ୍ଷରୁ ପ୍ରବାସୀ ଭାରତୀୟଙ୍କ ପାଇଁ ଚବିଶ ଘଂଟିଆ ଇନବାଉଣ୍ଡ ହେଲପ୍‌ଲାଇନର ଶୁଭାରମ୍ଭ

ଭୁବନେଶ୍ୱର,(ପି.ଏନ): ଭାରତର ସବୁଠୁ ବିଶ୍ୱାସଯୋଗ୍ୟ ଘରୋଇ ଜୀବନ ବୀମା କମ୍ପାନି ଏସବିଆଇ ଲାଇଫ ଇନସ୍ୟୁରାନ୍ସ ପକ୍ଷରୁ ବିକ୍ରି ପରବର୍ତୀ ସେବାକୁ ବିଶ୍ୱସ୍ତରରେ ପହ ।ଇବାଲାଗି ପ୍ରବାସୀ ଭାରତୀୟ (ଏନଆରଆଇ)ଙ୍କ ନିମନ୍ତେ ଚବିଶ ଘଂଟିଆ ଇନବାଉଣ୍ଡ ହେଲପଲାଇନର ଶୁଭାରମ୍ଭ କରାଯାଇଛି । ଭାରତ ବାହାରେ ଯେକୌଣସି ସ୍ଥାନରେ ରହୁଥିବା ଗ୍ରାହକମାନେ ଉର୍ଗୀକୃତ ହେଲପଲାଇନ ନମ୍ବର +୯୧-୦୨୨ ୬୯୨୮୯୦୯୦ରେରେ କଲ୍ କରି ଏହି ସେବାକୁ ହାସଲ କରିପାରିବେ। ନୂତନ ଭାବେ ଶୁଭାରମ୍ଭ କରାଯ ।ଇଥିବା ଏହି ଇନବାଉଣ୍ଡ ହେଲପଲାଇନ ଜରିଆରେ ପ୍ରବାସୀ ଭାରତୀୟମାନଙ୍କୁ କମ୍ପାନି ନିରବଚ୍ଛିନ୍ନ ସହାୟତା ଏବଂ ବିଭିନ୍ନ ଉତ୍ପାଦ ଓ ସେବା ଉପରେ ମାର୍ଗଦର୍ଶନ କରିବାକୁ ଲକ୍ଷ୍ୟ ରଖିଛି। ଚବିଶ ଘଂଟା ଉପଲବ୍ଧ ଥିବାରୁ ପ୍ରବାସୀ ଭାରତୀୟମାନେ ଅଭିଜ୍ଞ ଗ୍ରାହକ ସେବା ପ୍ରତିନିଧିଙ୍କ ସହ ଯୋଡ଼ି ହୋଇ ନିଜର ପ୍ରଶ୍ନ, ସମସ୍ୟାକୁ ଯେକେଣସି ସ୍ଥାନରେ ଯେ କେଣସି ସମୟରେ ସମାଧାନ କରିପାରିବେ। ଘରୋଇ ଜୀବନ ବୀମା କ୍ଷେତ୍ରରେ ଏନଆରଆଇଙ୍କ ପାଇଁ ଏସବିଆଇ ଲାଇଫର ଚବିଶ ଘଂଟିଆ ଇନବାଉଣ୍ଡ ହେଲପଲାଇନରେ ଏକ ବଡ଼ ପରିବର୍ତନ ଯାହା ଆରମ୍ଭରୁ ଇଂରାଜୀ ଓ ହିନ୍ଦୀ ଭଳି ଦୁଇଟି ଭାଷାରେ ଏହା ସେବା ଓ ଉତ୍ପାଦକୁ ଉପଲବ୍ଧ କରାଇବ। ପଲିସି ସମ୍ପର୍କିତ ଅନୁସନ୍ଧାନ, ପ୍ରିମିୟମ ପ୍ରଦାନ ସହାୟତା, ଉତ୍ପାଦ ସୂଚନା ପ୍ରଦାନ ଭଳି ବିଭିନ୍ନ ସେବା ଏହା ଜରିଆରେ ପ୍ରବାସୀ ଭାରତୀୟଙ୍କୁ ମିଳିବ। ଏସ୍‌ବିଆଇ ଲାଇଫ ଇନସ୍ୟୁରାନ୍ସର ଏମଡି ଓ ସିଇଓ ଅମିତ ଝିଙ୍ଗରାନ କହିଛନ୍ତି ଯେ, ଏସବିଆଇ ଲାଇଫରେ ଆମେ ଭୌଗଳିକ ସୀମା ନିର୍ବିଶେଷରେ ଗ୍ରାହକଙ୍କ ସହ ଯୋଡ଼ି ରହିବାର ଗୁରୁତ୍ୱକୁ ବୁଝୁଛୁ। ଆମେ ସ୍ୱୀକାର କରୁଛୁ ଯେ ଆମ ମୂଲ୍ୟବାନ ପ୍ରବାସୀ ଭାରତୀୟ ଗ୍ରାହକ ଏବଂ ସମ୍ଭାବନା ଗୁଡ଼ିକ ସମୟ ଜୋନ୍ ଅତିକ୍ରମ କରି ନିରବଚ୍ଛିନ୍ନ ସମର୍ଥନ ସେବା ଆବଶ୍ୟକ କରନ୍ତି। ପ୍ରବାସୀ ଭାରତୀୟଙ୍କ ପାଇଁ ସ୍ୱତନ୍ତ୍ର ୨୪ ଘଂଟିଆ ଇନବାଉଣ୍ଡ ହେଲପଲାଇନର ଶୁଭାରମ୍ଭ ଆମ ମୂଲ୍ୟବାନ ଗ୍ରାହକମାନଙ୍କୁ ଅସାଧାରଣ ସେବା ଏବଂ ସହାୟତା ପ୍ରଦାନ କରିବା ପାଇଁ ଆମର ସର୍ମପଣ ଦର୍ଶାଉଛି। ଆମର ବିଶ୍ୱସ୍ତରୀୟ ପଲିସିଧାରୀଙ୍କ ପରିବାରକୁ ଅତୁଳନୀୟ ସେବା ପ୍ରଦାନ କରିବା ପାଇଁ ଆମର ସମର୍ପଣର ପ୍ରମାଣ ହେଉଛି ଏହି ପଦକ୍ଷେପ।

# ଶିକ୍ଷୟିତ୍ରୀ କାକୁଲି ମଲ୍ଲିକଙ୍କୁ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର





କେନ୍ଦ୍ରାପଡ଼ା,(ପି.ଏନ): ଶିକ୍ଷୟିତ୍ରୀ କାକୁଲି ମଲ୍ଲିକଙ୍କୁ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ପ୍ରଦାନ କରାଯାଇଛି। କେନ୍ଦ୍ରାପଡା ବ୍ଲକ ଅନ୍ତର୍ଗତ ଓସ୍ତପୁର ପ ।ୟତର ବିରସ୍ୱତୀ ଉନ୍ନିତ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଶିକ୍ଷୟିତ୍ରୀ କାକୁଲି ମଲ୍ଲିକ କେନ୍ଦ୍ରାପଡା ବ୍ଲକ ଅ ଳର ସର୍ବୋ ମ ଆଦର୍ଶ ପ୍ରାଥମିକ ଶିକ୍ଷକ ଭାବେ ଏହି ପୁରସ୍କାର ପାଇଛନ୍ତି। ଏହି ଅବସରରେ ଗତ ରବିବାର କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟ ଖେଳପଡିଆରେ ଅନୁଷ୍ଠିତ ଜିଲ୍ଲା ସ୍ତରୀୟ ସମାବେଶରେ ଶିକ୍ଷୟିତ୍ରୀ ଶ୍ରୀମତୀ ମଲ୍ଲିକଙ୍କୁ ମାନପତ୍ର ଓ ଟ୍ରଫି ପ୍ରଦାନ ପୂର୍ବକ ସମ୍ମାନୀତ କରାଯାଇଥିଲା। ଏହି ଉପଲକ୍ଷେ ଜିଲ୍ଲା ଶିକ୍ଷା ଅଧିକାରୀ ସୁରମା ମହାପାତ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉତ୍ସବରେ ଜିଲ୍ଲା ପରିଷଦ ସଭାପତି ଗିତାଞ୍ଜଳୀ ସେଠୀ ମୁଖ୍ୟ ଅତିଥି ଓ ଅତିରିକ୍ତ ଜିଲ୍ଲାପାଳ(ରାଜସ୍ୱ) ନିଲୁ ମହାପାତ୍ର, ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ପିତାମ୍ବର ସାମଲ ସମ୍ମାନୀତ ଅତିଥି ଭାବେ ଯୋଗଦେଇ ଶିକ୍ଷୟିତ୍ରୀ ଶ୍ରୀମତୀ ମଲ୍ଲିକଙ୍କୁ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ପ୍ରଦାନ କରିଥିଲେ। ଶିକ୍ଷୟିତ୍ରୀ ଶ୍ରୀମତୀ ମଲ୍ଲିକ ଛାତ୍ରଛାତ୍ରୀଙ୍କ ପାଇଁ ଅକ୍ଳାନ୍ତ ପରିଶ୍ରମ, କ ବ୍ୟ ବୋଧ, ନିଷ୍ପାପର ଉଦ୍ୟମ ଓ ଛାତ୍ରଛାତ୍ରୀଙ୍କୁ ଭଲପାଇବା ହିଁ ତାଙ୍କୁ ସଫଳତାର ଶୀର୍ଷରେ ପହ ।ଇ ପାରିଛି। ଶିକ୍ଷୟିତ୍ରୀ ଶ୍ରୀମତୀ ମଲ୍ଲିକ ଏଥି ପୂର୍ବରୁ ଉତ୍କଳ ଦିବସରେ ଜିଲ୍ଲାର କୃତି ଶିକ୍ଷୟିତ୍ରୀ ସମ୍ମାନ ସହ ଜିଲ୍ଲା ପୁରସ୍କାର ଭଳି ବହୁ ସମ୍ମାନ ଲାଭ କରିଛନ୍ତି। ଜଣେ ଖ୍ୟାତନାମା କବି ଓ ରିସୋର୍ସ ପର୍ସନ ଭାବରେ ଏକ ସ୍ୱତନ୍ତ୍ର ପରିଚିତ୍ ହାସଲ କରିଥିବା ଶ୍ରୀମତୀ ମଲ୍ଲିକ କୃତି ଶିକ୍ଷୟତ୍ରୀ ସମ୍ମାନ ମଧ୍ୟ ପାଇଛନ୍ତି। ଏଭଳି ସଫଳତା ପାଇଁ ସହକର୍ମୀ, ମଣ୍ଡଳ ଶିକ୍ଷା ଅଧିକାରୀ, ବିଦ୍ୟାଳୟ ପରିଚାଳନା କମିଟି, ଛାତ୍ରଛାତ୍ରୀ, ସ୍ୱାମୀ ମନୋରଞ୍ଜନ ମହାନ୍ତିଙ୍କ ସମେତ ବିଭିନ୍ନ ବର୍ଗର ଲୋକମାନେ ତାଙ୍କୁ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇଛନ୍ତି। ଶ୍ରୀମତୀ ମଲ୍ଲିକ କେନ୍ଦ୍ରାପଡା ଜିଲ୍ଲା ସାହିତ୍ୟ ସଂସଦର ସହ ସମ୍ପାଦିକା ଓ 'ଧୂଳିଘର' ଶିଶୁ ପତ୍ରିକାର ସମ୍ପାଦିକା ରହିଥିବା ବେଳେ ୩ଖଣ୍ଡ କବିତା ପୁସ୍ତକ ରଚନା କରି ବେଶ ଚର୍ଚ୍ଚିତ ହୋଇପଡିଛନ୍ତି।

# ପାରାଦୀପ ମହାବିଦ୍ୟାଳୟ ସାଇନ୍ସ ସୋସାଇଟି ପକ୍ଷରୁ 'ଜାତୀୟ ବିଜ୍ଞାନ ଦିବସ' ଆୟୋଜିତ



ପାରାଦୀପ,(ପି.ଏନ): ପାରାଦୀପ ମହାବିଦ୍ୟାଳୟର ସାଇନ୍ସ ସୋସାଇଟି 'ବିକଶିତ ଭାରତ ପାଇଁ ସ୍ୱଦେଶୀ ପ୍ରଯୁକ୍ତିବିଦ୍ୟା' ବିଷୟବସ୍ତୁ ଉପରେ 'ଜାତୀୟ ବିଜ୍ଞାନ ଦିବସ' ବୁଧବାର ଦିନ ମହାବିଦ୍ୟାଳୟ ପରିସରରେ ଆୟୁଜିତ ହୋଇଯାଇଛି । ଏହି ଅବସରରେ ପାରାଦୀପ ବନ୍ଦର ପ୍ରାଧିକରଣ ଚିକିତ୍ସାଳୟର ମୁଖ୍ୟ ଚିକିତ୍ସାଧିକାରୀ ଡା. ବିଭୂତି ଭୂଷଣ ଦାସ ମୁଖ୍ୟ ବକ୍ତା ଭାବରେ ଯୋଗଦେଇ ସ୍ୱଦେଶୀ ପ୍ରଯୁକ୍ତିବିଦ୍ୟାର ନୂତନ ଦିଗ ଉପରେ ପ୍ରେରଣାଦାୟକ ଆଲୋଚନା କରିଥିଲେ। ପାରାଦୀପ ମହାବିଦ୍ୟାଳୟର ଅଧକ୍ଷା ତଥା ସାଇନ୍ସ ସୋସାଇଟିର ସଭାନେତ୍ରୀ ଡ଼ଃ.ସସ୍ମିତା ଶତପଥି ଏହି କାର୍ଯ୍ୟକ୍ରମରେ ସଭାପତିତ୍ୱ କରି ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ।ସୋସାଇଟିର ଉପସଭାନେତ୍ରୀ ତନୁଜା ପାଣି ଅତିଥିମାନଙ୍କ ପରିଚୟ ପ୍ରଦାନ କରିଥିବା ବେଳେ ସୋସାଇଟିର ସଦସ୍ୟା ଅଭିଲିପ୍ସା ଦାସ ଉଦଘାଟନୀ ବକ୍ତବ୍ୟ ଦେଇ ପୁରସ୍କାର ବିତରଣ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ କ୍ଷ ଏହି କାର୍ଯ୍ୟକ୍ରମରେ ବିଭିନ୍ନ ବିଭାଗର ଶତାଧିକ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ଶେଷରେ ସାଇନ୍ସ ସୋସାଇଟିର ସଦସ୍ୟ ଅଭିଷେକ ବିଶ୍ୱାଳ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

# ଏନଏସି ଦାବିରେ କାକଟପୁର ବଜାର ବନ୍ଦ, ବିଜେପି ପକ୍ଷରୁ ବିକ୍ଷୋଭ



କାକଟପୁର,(ପି.ଏନ): କାକଟପୁରକୁ ଏନଏସି ମାନ୍ୟତା ଦାବିରେ ବିଜେପି ପକ୍ଷରୁ ୧୨ ଘଣ୍ଟିଆ କାକଟପୁର ବନ୍ଦ ଶାନ୍ତି ଶୃଙ୍ଖଳା ସହ ପାଳିତ ହୋଇଯାଇଛି । କାକଟପୁର ବିଜେପି ନିର୍ବାଚନ ମଣ୍ଡଳୀ ସଂଯୋଜକ ସୁଦର୍ଶନ ସ୍ୱାଇଁ ଙ୍କ ଆହ୍ୱାନ କ୍ରମେ ସକାଳ ୬ ଘଟିକାରୁ ଅପରାହ୍ନ ୨ଟା ପର୍ଯ୍ୟନ୍ତ ବନ୍ଦ ପାଳନ କରାଯାଇଥିଲା ।କାକଟପୁର ବଜାର ସମସ୍ତ ଦୋକାନ ସରକାରୀ କାର୍ଯ୍ୟାଳୟ ଗାଡି ମୋଟର ବନ୍ଦ ଥିବା ଦେଖିବାକୁ ମିଳିଥିଲା ବେଳେ, ଆମ୍ବୁଲାନ୍ସ ଓ ପରୀକ୍ଷାର୍ଥୀ ଓ ଜରୁରୀ କାଳୀନ ଗାଡି ଗୁଡିକ ଯିବା ଆସିବା କରୁଥିଲା କ୍ଷ ରାଜ୍ୟ ସରକାର ଗତ କିଛି ଦିନ ତଳେ ରାଜ୍ୟରେ ୩୫ଟି ନୂଆ ଅଞ୍ଚଳ କୁ ଏନଏସି ଘୋଷଣା କରିଥିବାବେଳେ କାକଟପୁର ଏଥିରୁ ବାଦ ପଡିଛି । ଏଠାରେ ଏନଏସି ଗଠନ ପାଇଁ ଆବଶ୍ୟକ ଭିତ୍ତିଭୂମି ଥିବାରୁ ଜନ ସାଧାରଣ ମାନ୍ୟତ। ପ୍ରଦାନ ପାଇଁ ଦାବି କରି ଆସୁଥିଲେ ମଧ୍ୟ ସରକାର ଅବହେଳା କରିଛନ୍ତି ।ଏହା ବିରୋଧରେ କାକଟପୁର ନିର୍ବାଚନ ମଣ୍ଡଳୀ ପକ୍ଷରୁ ବନ୍ଦ ପାଳନ ସହ ବିଧାୟକ ତଥା ମନ୍ତ୍ରୀ ତୁଷାର କାନ୍ତି ବେହେରା ଙ୍କ କୁଶ ପୁତ୍ତଳିକା ଦାହ କରାଯାଇଥିଲା । ୭ ଦିନ ମଧ୍ୟରେ କାକଟପୁର ଏନ ଏସି ଘୋଷଣା ନ ହେଲେ ବିଜେପି ରାଜ ରାସ୍ତାକୁ ଓଲ୍‌ହାଇବ ବୋଲି ଚେତାବନୀ ଦିଆଯାଇଥିଲା ।ଆଜିର ଏହି ବନ୍ଦରେ ବିଜେପିର ପୂର୍ବତନ ବିଧାୟକ ବାଇଧର ମଲ୍ଲିକ ରାଜ୍ୟ ହରିଜନ ମୋର୍ଚ୍ଚା ସଭାପତି ତଥା ପୂର୍ବତନ ଏମପି ବିଭୁପ୍ରସାଦ ତାରାଇ , ଅଧିକାରୀ ବେହେରା, ଜଗତସିଂହପୁର ,ସଂ।ସଦ ପ୍ରଭାରୀ ପବିତ୍ର ମୋହନ ଦାଶ ଜିଲ୍ଲା ମହିଳା ମୋର୍ଚ୍ଚା ସଭ।ନେତ୍ରୀ ରାଜଲକ୍ଷ୍ମୀ ଦାଶ ଜିଲ୍ଲା ଉପସଭାପତି ରତିକାନ୍ତ ବେହେରା ଜିଲ୍ଲା ଯୁବ ମୋର୍ଚ୍ଚାସମ୍ପାଦକ ରାକେଶ ବିଶ୍ୱାଳ, ସମ୍ପାଦକ ପ୍ରିୟ ବ୍ରତ ବିଶ୍ୱାଳ, ପଦ୍ମ ଚରଣ ସରୋଜ କୁମାର ମିଶ୍ର ,ପଦ୍ମ ଚରଣ ପରିଡ଼ା, ସର୍ବ?ଶ୍ୱର ମଲ୍ଲିକ, ଇଶ୍ୱର ବେହେରା, ସିଲୁ ରାଉତ,ଅରୁଣ ବିଶ୍ୱାଳ, ଶିଶିର ବେହେରା, ମଳୟ ଦାସ, ଲଳିତ ରଥ, ରଞ୍ଜିତ ନାୟକ, ରତ୍ନାକର ବେହେରା, ମନୋଜ ବିଶ୍ୱାଳ, ହିମାଂଶୁ ବେହେରା,ଙ୍କ ସମେତ ଶତାଧିକ କର୍ମୀ ବନ୍ଦ ଡାକରାରେ ସାମିଲ ହୋଇଥିଲେ । ପ୍ରକାଶ ଥାଉକି କାକଟପୁରକୁ ଏନ ଏସି ପାଇଁ କାକଟପୁର ବ୍ଲକ ସମସ୍ତ ସର୍ତ୍ତ ପୂରଣ କରୁଥିବାବେଳେ ବାଦ ପଡିବା ନେଇ ବୁଦ୍ଧିଜୀବୀ ମହଲରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି ।

# ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ ବିରୁଦ୍ଧରେ ବଢୁଛି ଅସନ୍ତୋଷ,ବଦଳି ଦାବୀରେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ ଆଣିଲେ ଜନସାଧାରଣ

ଖୋର୍ଦ୍ଧା, (ପିଏନ)- ଖୋର୍ଦ୍ଧା ଜିଲ୍ଲା ବେଗୁନିଆ ବ୍ଲକର ଗୋଷ୍ଠୀ ଶିକ୍ଷା ଅଧିକାରୀ ଭାସ୍କର ଲେଙ୍କା ଆବାସିକ ଅଞ୍ଚଳରେ କାର୍ଯ୍ୟ କରୁଥିବାରୁ ଆସନ୍ତା ସାଧାରଣ ନିର୍ବାଚନରେ ପ୍ରଭାବିତ ହେବାର ଯଥେଷ୍ଟ ଆଶଙ୍କା ରହିଛି । ତୁରନ୍ତ ଏଠାରୁ ବଦଳି କରିବା ପାଇଁ ସ୍ଥାନୀୟ ଜନସାଧାରଣଙ୍କ ସହ ଶଶୀଭୂଷଣ ଦାଶ ଜିଲ୍ଲାପାଳଙ୍କ ଜନଶୁଣାଣୀ ଶିବିରରେ ଅଭିଯୋଗ କରିଛନ୍ତି ।ଏଠାରେ ଉଲ୍ଲେଖଯୋଗ୍ୟ ଯେ ଏହା ପୂର୍ବରୁ ବିଭିନ୍ନ ପଞ୍ଚାୟତର ସରପଞ୍ଚ,ସମିତି ସଭ୍ୟ, ଗଣ ଶିକ୍ଷାମନ୍ତ୍ରୀ,ରାଜ୍ୟ ମୁଖ୍ୟ ନିର୍ବାଚନ କମିଶନର ,୫ଟି ସଚିବ ,ଗଣଶିକ୍ଷା ସଚିବ ଓ ଖୋର୍ଦ୍ଧା ଜିଲ୍ଲାପାଳଙ୍କ ନିକଟରେ ଗୋଷ୍ଠୀ ଶିକ୍ଷା ଅଧିକାରୀ ଶ୍ରୀ ଲେଙ୍କା ସ୍ଥାନୀୟ ଲୋକ ହୋଇଥିବାରୁ ଗୋଟିଏ ନିର୍ଦ୍ଦିଷ୍ଟ ଦଳ ପାଇଁ କିପରି ଲୋକମାନଙ୍କୁ ପ୍ରୋତ୍ସାହିତ କରି ଜନସାଧାରଣଙ୍କୁ ଦୁର୍ବ୍ୟବହାର କରିଛନ୍ତି ଲିଖିତ ଅଭିଯୋଗ କରିଥିଲେ ମଧ୍ୟ ବର୍ତ୍ତମାନ ସୁଦ୍ଧା କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ନ ଥିବାରୁ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି । ସୂଚନା ମୁତାବକ ବିଇଓ ଭାସ୍କର ଲେଙ୍କା,ପି-ବାନାମ୍ବର ଲେଙ୍କାଙ୍କର ଜନ୍ମସ୍ଥାନ ତଥା ନିଜସ୍ୱ ଗ୍ରାମ ବେଗୁନିଆ ବ୍ଲକ ସିମୋର ପଞ୍ଚାୟତ ଅନ୍ତର୍ଗତ କଣ୍ଟାମଳିମ ଗ୍ରାମରେ ।୨୦୨୨ମସିହା କଣ୍ଟାମଳିମ ଗ୍ରାମର ଭୋଟର ଲିଷ୍ଟର କ୍ରମିକ ନଂ ୨୯୭,ଏବଂ ଘର ନଂ ୯୨ ରେ ଶ୍ରୀ ଲେଙ୍କାଙ୍କ ନାମ ଉଲ୍ଲେଖ ରହିଛି ।ସେ ସ୍ଥାନୀୟ ଲୋକ ହୋଇଥିବାରୁ ବେଗୁନିଆ ବ୍ଲକ ଅଞ୍ଚଳର ଲୋକମାନଙ୍କ ସହିତ ତାଙ୍କର ବ୍ୟକ୍ତିଗତ ସମ୍ପର୍କ ଯୋଗୁଁ ଶ୍ରୀ ଲେଙ୍କା ଗୋଟିଏ ନିର୍ଦ୍ଦିଷ୍ଟ ରାଜନୈତିକ ଦଳ ପ୍ରତି ନିଜର ଆନୁଗତ୍ୟ ପ୍ରକାଶ କରି ଲୋକମାନଙ୍କୁ ଆକୃଷ୍ଟ କରିବାରେ ଲାଗିପଡିଛନ୍ତି । ଏଥିରୁ ସ୍ପଷ୍ଟ ଯେ ତାଙ୍କ ନୈତିକ ଓ ଆଇନଗତ କର୍ତବ୍ୟ ସମ୍ପାଦନ କରିବା କ୍ଷେତ୍ରରେ ପକ୍ଷପାତିତା ଅବଲମ୍ବନ କରିବା ସହ ଜଣେ ଅଧିକାରୀ ହିସାବରେ ତାଙ୍କର ଆଚରଣ ଜନସାଧାରଣଙ୍କ ପ୍ରତି ଆଦୌ ସନ୍ତୋଷଜନକ ନୁହେଁ ବୋଲି ଉଚ୍ଚ କର୍ତ୍ତୃପକ୍ଷଙ୍କ ନିକଟରେ ଅଭିଯୋଗ ହୋଇଛି ।ତାଙ୍କର ରାଜନୈତିକ ଆସକ୍ତି ଅଞ୍ଚଳରେ ଅତ୍ୟନ୍ତ ଅପ୍ରୀତିକର ପରିସ୍ଥିତି ସୃଷ୍ଟି କରିବାର ସୁଯୋଗ ସୃଷ୍ଟି କରିବ ବୋଲି ସଚେତନ ନାଗରିକ ମାନେ କହିଛନ୍ତି। ସାଧାରଣ ନିର୍ବାଚନ ପୂର୍ବରୁ ଅନ୍ୟତ୍ର ବଦଳି କରିବା ପାଇଁ ବହୁ ପଞ୍ଚାୟତ ପ୍ରତିନିଧିଙ୍କ ସହିତ ଜନସାଧାରଣ ରାଜ୍ୟ ମୁଖ୍ୟ ନିର୍ବାଚନ କମିଶନରଙ୍କୁ ଗତ ୨୦୨୩ ମସିହା ତା ଅକ୍ଟୋବର ମାସ ୧୦ ତାରିଖରେ ଲିଖିତ ଭାବେ ଅଭିଯୋଗ କରିଥିବାବେଳେ ନିର୍ବାଚନ କମିଶନର କାର୍ଯ୍ୟାନୁଷ୍ଠାନ ନିମନ୍ତେ ଗଣ ଶିକ୍ଷା ସଚିବଙ୍କ ନିକଟକୁ ଗତ ୨୦୨୩ ମସିହା ନଭେମ୍ବର ମାସ ୧୩ ରିଖରେ ଚିଠି ନଂ ୧୧୪୯୮ ପଠାଇଛନ୍ତି । ବର୍ତ୍ତମାନ ସୁଦ୍ଧା କୌଣସି ଉଚ୍ଚ କର୍ତ୍ତୃପକ୍ଷ ଘଟଣା ଉପରେ ଯଦି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ ନକରନ୍ତି ତାହେଲେ ଆଗାମୀ ଦିନରେ ଅଞ୍ଚଳରେ ଅଶୋଭନୀୟ ପରିସ୍ଥିତି ସୃଷ୍ଟି ହେବ ସେଥିପାଇଁ କର୍ତ୍ତୃପକ୍ଷ ଦାୟୀ ରହିବେ ବୋଲି ଅଭିଯୋଗକାରୀ ମାନେ ଦର୍ଶାଇଛନ୍ତି । ଏଥିରେ ଗୋଷ୍ଠୀ ଶିକ୍ଷା ଅଧିକାରୀ ଶ୍ରୀ ଲେଙ୍କାକୁ ପଚାରିବାରେ ସେଭଳି କିଛି ଅଶୋଭନୀୟ ବ୍ୟବହାର କରି ନାହାନ୍ତି କହିବା ସହ ମୂଳ ଆବାସିକ ଜାଗାରେ ଭୋଟର ତାଲିକାରେ ନିଜର ନାମକୁ କାଟି ବର୍ତ୍ତମାନ ଖୋର୍ଦ୍ଧା ଜିଲ୍ଲା ଜଟଣୀ ନିର୍ବାଚନ ମଣ୍ଡଳୀରେ ବସବାସ କରୁଛନ୍ତି ବୋଲି କହିଥିଲେ। ଭାରତୀୟ ନିର୍ବାଚନ ଆୟୋଗ ବଦଳି ନୀତିକୁ କଡ଼ାକଡି କରି ସାଧାରଣ ନିର୍ବାଚନ ପୂର୍ବରୁ ଯେଉଁ ଅଧିକାରୀ ମାନେ ଆବାସିକ ଜିଲ୍ଲାରେ କାର୍ଯ୍ୟ କରୁଥିବେ ଓ ଗୋଟିଏ ଜାଗାରେ ୩ ବର୍ଷ କାର୍ଯ୍ୟ କରୁଥିବେ ସେମାନଙ୍କୁ ଅନ୍ୟ ସଂସଦୀୟ କ୍ଷେତ୍ରକୁ ବଦଳି କରାଯିବ ବୋଲି ସମସ୍ତ ରାଜ୍ୟ ସରକାର ନିର୍ବାଚନ କମିଶନରଙ୍କୁ କଡ଼ା ନିର୍ଦ୍ଦେଶନାମା ଦେଇଛନ୍ତି।

ADMISSION OPEN

MAHARISHI PLAY SCHOOL

A Great Place to Grow @ mps

PLAY GROUP (2+)

NURSERY (3+)

LKG, UKG, STD-I TO V

25% reservation as per RTE Act (2009)



FIND THE DIFFERENCE

●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities

TUITION CLASSES for Std I to Std V Timing: 5 PM to 6.30 PM

MAHARISHI PUBLIC SCHOOL

N4-F/24, IRC Village, Nayapalli, Bhubaneswar, Phone: 0674-2558884, 2550786

E-mail: maharishipublic13@gmail.com

25% Seats reserved in Std. 1 under RTE Act

Printed & Published by Budhadev Mohapatra on behaöf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Puböished at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ

EDITOR : Dr. Pabitra Mohan Samantaray